୨୬୭ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.197 Bhubaneswar Friday September 13 2024 | ୨୬ତମ ବର୍ଷ ସଂଖ୍ୟା–୧୯୭ ଭୁବନେଶ୍ୱର, ଶୁକ୍ରବାର, ସେପ୍ଟେମ୍ବର ୧୩, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹ 1.50 | (Air Surcharge - 0.50P) | Member-INS

## ଇସ୍ତଫା ଦେବାକୁ ରାଜି ଥିବା ଘୋଷଣା କଲେ ମମତା ବାନାର୍ଜୀ



ଭୁବନେଶ୍ୱର,୧୨।୯(ପି.ଏନ): ଆନ୍ଦୋଳନ କରୁଥିବା ଜୁନିୟର ଡାକ୍ତରଙ୍କ ସହ ଲାଗି ରହିଥିବା ଅଚଳା ଅବସ୍ଥା ମଧ୍ୟରେ ବଡ ଘୋଷଣା କରିଛନ୍ତି ପଶ୍ଚିମବଙ୍ଗ ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ। ସେ ନିଜ ପଦରୁ ଇସ୍ତଫା ଦେବାକୁ ରାଜି ଥିବା ଆଜି କହିଛନ୍ତି।ଆରଜି କର ମେଡିକାଲ କଲେଜ ଓ ହସ୍ପିଟାଲରେ ଘଟିଥିବା ଦୁଷ୍କର୍ମ ଓ ହତ୍ୟା ଘଟଣା ବିରୋଧରେ ଜୁନିୟର ଡାକ୍ତରଙ୍କ ଆନ୍‌ଦୋଳନ ଜାରି ରହିଛି। ଆଜି ସେମାନଙ୍କ ସହ ମମତା ବାନାର୍ଜୀ ନବାନ୍ନରେ ଆଲୋଚନା କରିବାର ଥିଲେ। ମମତା ଓ ଅନ୍ୟ ବରିଷ୍ଠ ଅଧିକାରୀମାନେ ଆଲୋଚନା ପାଇଁ ୨ ଘଣ୍ଟା କାଳ ଅପେକ୍ଷା କରି ରହିଥିଲେ ହେଁ କେହି ବି ସେଠାକୁ ଆସି ନଥିଲେ। ଏହାକୁ ନେଇ ମମତା ନିଜର ଅସନ୍ତୋଷ ପ୍ରକାଶ କରିଛନ୍ତି। ଏହାପରେ ସେ ଲୋକଙ୍କ ସ୍ୱାର୍ଥ ପାଇଁ ଇସ୍ତଫା ଦେବାକୁ ରାଜି ଥିବା ଘୋଷଣା କରିଛନ୍ତି।

### ରାଜଧାନୀରେ ମାତିଲେ ଲୁଟେରା, କଳା ପଲସରରେ ଆସି ଝାମ୍ପିନେଲେ ୫ ଲକ୍ଷ

ଭୁବନେଶ୍ୱର,୧୨।୯(ପି.ଏନ): ରାଜଧାନୀରେ ପୁଣି ମାତିଲେ ଲୁଟେରା। ଦିନ ଦ୍ୱିପ୍ରହରରେ ମାତିଲେ ଲୁଟେରା। କଳା ପଲସରରେ ଆସି ଝାମ୍ପିନେଲେ ୫ ଲକ୍ଷ ଟଙ୍କା। ଭୁବନେଶ୍ୱର ସିଆରପି ଛକ ଆକ୍ସିସ ବ୍ୟାଙ୍କ ବାହାରେ ଘଟଣା। ବାସୁଦେବ ମହାରଣା ନାମକ ଜଣେ ବ୍ୟକ୍ତି ଆକ୍ସିସ ବ୍ୟାଙ୍କରୁ ୫ ଲକ୍ଷ ଟଙ୍କା ଉଠାଇ ସ୍କୁଟି ନିକଟରେ ଠିଆ ହୋଇଥିବା ବେଳେ, ଟଙ୍କା ଝାମ୍ପି ନେଇଛନ୍ତି ହେଲମେଟ ପିନ୍ଧା ଦୁର୍ବୃତ୍ତ।ଏଥିସହ ୭୦ ହଜାର ଟଙ୍କାର ଲାପଟପ୍ ଓ ଗୁରୁତ୍ୱପୂର୍ଣ୍ଣ କାଗଜପତ୍ର ବି ନେଇ ଯାଇଛନ୍ତି ଲୁଟେରା। ନୟାପଲ୍ଲୀ ଥାନାରେ ଅଭିଯୋଗ ପରେ ତଦନ୍ତ ଆରମ୍ଭ କରିଛି ପୋଲିସ। ଲୁଟର ଶିକାର ହୋଇଥିବା ବାସୁଦେବ ଏବେ ରାଜଧାନୀରେ ସାଧାରଣ ଲୋକ ଅସୁରକ୍ଷିତ ବୋଲି କହିଛନ୍ତି।

### ଆଉ ନାହାନ୍ତି ସୀତାରାମ ୟେଚୁରୀ



ଭୁବନେଶ୍ୱର,୧୨।୯(ପି.ଏନ): ସିପିଏମର ସାଧାରଣ ସମ୍ପାଦକ ତଥା ବରିଷ୍ଠ ରାଜନେତା ସୀତାରାମ ୟେଚୁରୀ ଆଉ ନାହାନ୍ତି। ଆଜି ଦିଲ୍ଲୀ ଏମ୍ସରେ ତାଙ୍କର ଦେହାନ୍ତ ହୋଇଛି। ମୃତ୍ୟୁ ବେଳକୁ ତାଙ୍କୁ ୭୨ ବର୍ଷ ବୟସ ହୋଇଥିଲା।ଶ୍ୱାସନଳୀ ସଂକ୍ରମଣ ଯୋଗୁ ସେ ଅଗଷ୍ଟ ୧୯ରୁ ଦିଲ୍ଲୀ ଏମ୍ସରେ ଚିକିତ୍ସିତ ହେଉଥିଲେ। ସେଠାରେ ଡାକ୍ତରଙ୍କ ସବୁ ପ୍ରକାରର ଉଦ୍ୟମ ସତ୍ତ୍ୱେ ଆଜି ସୀତାରାମ ୟେଚୁରୀ ଆଖି ବୁଜିଛନ୍ତି। ୟେଚୁରୀ ୨୦୦୫ରୁ ୨୦୧୭ ଯାଏ ରାଜ୍ୟସଭାର ସାଂସଦ ଭାବେ କାର୍ଯ୍ୟ କରିଥିଲେ।

### ସୁଭଦ୍ରା ଫର୍ମ ଦେବା ନାଁରେ ଲୋକଙ୍କୁ ଠକୁଥିଲେ, ଦମ୍ପତିଙ୍କୁ ଗିରଫ କଲା କମିଶନରେଟ୍ ପୋଲିସ

ଭୁବନେଶ୍ୱର,୧୨।୯(ପି.ଏନ): ନିକଟରେ ରାଜ୍ୟ ସରକାର ସୁଭଦ୍ରା ଯୋଜନା ଆରମ୍ଭ କରିଥିଲେ । ଏହି ଯୋଜନା ଅନ୍ତର୍ଗତ ରାଜ୍ୟର ପ୍ରାୟ ୧ କୋଟି ମହିଳା ଉପକୃତ ହେବେ । ବର୍ତ୍ତମାନ ଏହି ଯୋଜନାକୁ ନେଇ ଲୋକଙ୍କ ମନରେ ଲୋଭ ଓ ଇର୍ଷା ଜାତ ହେଲାଣି । ସୁଭଦ୍ରା ନାଁରେ ଠକେଇ ମାମଲା ସାମ୍ନାକୁ ଆସିଛି । ଏହି ମାମଲାରେ ଚନ୍ଦ୍ରଶେଖରପୁର ଥାନା ଅଞ୍ଚଳର ଜଣେ ଦମ୍ପତିଙ୍କୁ ଗିରଫ କରିଛି କମିଶନରେଟ୍ ପୋଲିସ । ସେମାନେ ସୁଭଦ୍ରା ଫର୍ମ ଦେବା ନାଁରେ ଟଙ୍କା ନେଉଥିବା ଅଭିଯୋଗ ହୋଇଛି । ଚନ୍ଦ୍ରଶେଖରପୁର ଓ ଖାରବେଳ ନଗରରେ ଠକେଇ କରିଥିବା ଖବର ସାମ୍ନାକୁ ଆସିଛି ।

## ଜଳ ସମ୍ପଦ ବିଭାଗ ସହକାରୀ ଯନ୍ତ୍ରୀ ଗିରଫ, ଆୟ ବହିର୍ଭୂତ ସମ୍ପତ୍ତି ଠୁଳ ଅଭିଯୋଗ

ଭଞ୍ଜନଗର,୧୨।୯(ପି.ଏନ): ଭଞ୍ଜନଗର ଜଳସମ୍ପଦ ବିଭାଗ ସହକାରୀ ଯନ୍ତ୍ରୀଙ୍କୁ ଗିରଫ କରିଛି ଭିଜିଲାନ୍ସ ବିଭାଗ । ବୁଧବାର ଆୟ ବହିର୍ଭୂତ ସମ୍ପତ୍ତି ଠୁଳ ଅଭିଯୋଗରେ ଯନ୍ତ୍ରୀ ପ୍ରସନ୍ନ କୁମାର ସ୍ୱାଇଁଙ୍କ ଘରେ ଭିଜିଲାନ୍ସ ବିଭାଗ ପକ୍ଷରୁ ଚଢ଼ାଉ କରାଯାଇଥିଲା । ମୋଟ୍ ୯ଟି ସ୍ଥାନରେ ଚଢ଼ାଉ କରିଥିଲା ଭିଜିଲାନ୍ସ ବିଭାଗ । ଏହି ଚଢ଼ାଉ ସମୟରେ ୬ଟି ବହୁତଳ କୋଠା ସହ ୫ଟି ପ୍ଲଟ ଠାବ କରିଥିଲା ଭିଜିଲାନ୍ସ ଟିମ । ଏହି ଭିଜିଲାନ୍ସ ଚଢ଼ାଉ ଟିମରେ ୭ ଜଣ ଡିଏସପି ଓ ୫ ଜଣ ଏଏସ ଆଇ ଓ ଏଏସଆଇ ଓ ଅନ୍ୟ କର୍ମଚାରୀ ସାମିଲ ଥିଲେ ।ସୂଚନାରୁ ପ୍ରକାଶ ସହକାରୀ ଯନ୍ତ୍ରୀଙ୍କ ଜବତ ସମ୍ପତ୍ତି ମଧ୍ୟରେ ଭଞ୍ଜନଗର ସ୍ଥିତ କାର୍ଯ୍ୟାଳୟ ସମେତ ଭଞ୍ଜନଗର ଲୁଡୁଲୁଡି ସ୍ଥିତ ପୈତୃକ ବାସଭବନ, ରଘୁନାଥ ବିହାର ସ୍ଥିତ ସମ୍ପର୍କୀୟଙ୍କ ଘର ଓ ବ୍ରହ୍ମପୁରକୁ ମିଶାଇ ମୋଟ ୯ଟି ସ୍ଥାନରେ ଚଢ଼ାଉ କରାଯାଇଥିଲା । ଚଢ଼ାଉବେଳେ ଶ୍ରୀ ସ୍ୱାଇଁଙ୍କର ବ୍ରହ୍ମପୁର ତୁଳସୀ ନଗରଠାରେ ୪ମହଲା କୋଠା ଘର ଠାବ ହୋଇଥିଲା ଯାହାର ଆନୁମାନିକ ମୂଲ୍ୟ ୨.୪ କୋଟି ଆକଳନ କରାଯାଇଛି । ସେହିପରି ଭଞ୍ଜନଗର ବାଗଦେବୀ ରୋଡରେ ୨.୩କୋଟି ଟଙ୍କା ମୂଲ୍ୟର ଆଉ ଏକ ୪ ମହଲା କୋଠାଘର ସହ ନିକଟରେ ଆଉ ଏକ ୩ ମହଲା କୋଠାଘର ଠାବ ହୋଇଛି । ଏତଦବ୍ୟତୀତ ଭଞ୍ଜନଗର ପୌରାଞ୍ଚଳରେ ନିର୍ମାଣାଧୀନ ଦୁଇମହଲା କୋଠାଘର ଥିବା ଜଣାପଡିଛି । ଏହା ବ୍ୟତୀତ ଶ୍ରୀ ସ୍ୱାଇଁଙ୍କ ଘରୁ ୨୦୦ ଗ୍ରାମର ସୁନା ଅଳଙ୍କାର, ବିଭିନ୍ନ ବ୍ୟାଙ୍କ, ଡାକଘର ଓ ବୀମା ସଂସ୍ଥାରେ ୨୩ଲକ୍ଷ ୯୪ ହଜାର ୩୭୦ ଟଙ୍କା ଜମା ରହିଥିବା ଜଣାପଡିଛି । ତେବେ ୨୦୦୩ରେ ପ୍ରସନ୍ନ ସ୍ୱାଇଁ ଖରିଆର ଠାରେ ଲୋୟର ଇନ୍ଦ୍ରା କେନାଲ ଡିଭିଜନରେ ଚୁକ୍ତି ଭିତ୍ତିକ କନିଷ୍ଠ ଯନ୍ତ୍ରୀ ଭାବେ ଚାକିରି ଆରମ୍ଭ କରିଥିଲେ । ୨୦୧୦ ଅଗଷ୍ଟ ୧୯ ଠାରୁ ନିଜ ଜିଲା ତଥା ଭଞ୍ଜନଗରରେ ଅବସ୍ଥାପିତ ଅଛନ୍ତି । ୨୦୧୩ରେ ସେ ସହକାରୀ ଯନ୍ତ୍ରୀ ଭାବେ ପଦୋନ୍ନତି ପାଇଥିଲେ ।

## ଅବସରପ୍ରାପ୍ତ କର୍ମଚାରୀଙ୍କ ପୁନଃନିଯୁକ୍ତି ଉପରେ ଅଙ୍କୁଶ: ବିଜେଡି ସରକାରଙ୍କ ନିଷ୍ପତ୍ତି ରଦ୍ଦ, କଡା ଆଭିମୁଖ୍ୟ ଦେଖାଇଲେ ମୋହନ



ଭୁବନେଶ୍ୱର,୧୨।୯(ପି.ଏନ): ରାଜ୍ୟରେ ଅବସରପ୍ରାପ୍ତ ସରକାରୀ କର୍ମଚାରୀଙ୍କ ପୁନଃନିଯୁକ୍ତି ବା ଥଇଥାନ ଉପରେ ଲାଗିଲା ବ୍ରେକ୍ । ମୁଖ୍ୟ ସଚିବଙ୍କ ଅଧ୍ୟକ୍ଷତା ବିଶିଷ୍ଟ ୪ଜଣିଆ କମିଟିର ସୁପାରିଶ ଓ ମୁଖ୍ୟମନ୍ତ୍ରୀଙ୍କ ଅନୁମୋଦନ ବିନା ରାଜ୍ୟରେ ଅବସରପ୍ରାପ୍ତ କର୍ମଚାରୀଙ୍କୁ ପୁନଃନିଯୁକ୍ତି ମିଳିପାରିବ ନାହିଁ । ଏପରିକି କୌଣସି ପୁନଃନିଯୁକ୍ତିକୁ ପୋଷ୍ଟଫେକ୍ଟୋ(ପିଛିଲା ଭାବେ) ମଧ୍ୟ ଅନୁମୋଦନ ମିଳିବ ନାହିଁ । ଯଦି ଅତ୍ୟନ୍ତ ଜରୁରୀ ନହୁଏ ତା'ହେଲେ ପୁନଃନିଯୁକ୍ତି ମିଳିବା ସମ୍ଭବପର ହେବନି । ସମସ୍ତ ପୁନଃନିଯୁକ୍ତି କେବଳ ବିରଳ କ୍ଷେତ୍ରରେ ବିଚାର କରାଯିବ । ତା'ଛଡା ଯେଉଁ ଅଫିସର ବା କର୍ମଚାରୀଙ୍କୁ ପୁନଃନିଯୁକ୍ତି ଦିଆଯିବ ସେ ଅବସର ପୂର୍ବରୁ କ୍ରମାଗତ ୫ବର୍ଷ ପାଇଁ ତାଙ୍କର ସିସିଆର/ପିଏଆର 'ଆଉଟଷ୍ଟାଣ୍ଡିଂ' ରହିବା ଜରୁରୀ । ତାଙ୍କ ବିରୁଦ୍ଧରେ ବିଭାଗୀୟ କାର୍ଯ୍ୟାନୁଷ୍ଠାନ କିମ୍ବା ଅପରାଧିକ ମାମଲା ମଧ୍ୟ ବିଚାରାଧୀନ ନଥିବ କିମ୍ବା ସେ କୌଣସି ଅସଦାଚରଣ ମାମଲାରେ ଦଣ୍ଡିତ ବି ହୋଇନଥିବେ । ରାଜ୍ୟରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ନେତୃତ୍ୱାଧୀନ ବିଜେପି ସରକାର ଆଜି ୨୦୧୪ ଅଗଷ୍ଟ ୨୭ତାରିଖରେ ବିଜେଡି ସରକାରଙ୍କ ଦ୍ୱାରା ଜାରି ପୁନଃନିଯୁକ୍ତି ସଂକ୍ରାନ୍ତ ସଂକଳ୍ପକୁ ଖାରଜ କରି ନୂଆ ସଂଶୋଧିତ ସଂକଳ୍ପ ଜାରି କରି ନିଜର କଡା ଆଭିମୁଖ୍ୟ ପୋଷଣ କରିଛନ୍ତି ।ଆଜି ସାଧାରଣ ପ୍ରଶାସନ ବିଭାଗ ପକ୍ଷରୁ ଜାରି 'ସଂକଳ୍ପ'ରେ ମୋହନ ସରକାର କହିଛନ୍ତି ଯେ, ଅବସରପ୍ରାପ୍ତ କର୍ମଚାରୀଙ୍କ ପୁନଃନିଯୁକ୍ତି ବ୍ୟତିକ୍ରମ ପରିବର୍ତ୍ତ ? ଏକ ନିୟମ ହୋଇଯାଇଥିବା ସରକାରଙ୍କ ନଜରକୁ ଆସିଛି । ରାଜ୍ୟରେ ନିଯୁକ୍ତି ପ୍ରକ୍ରିୟାରେ ବିଳମ୍ବ, ଦକ୍ଷ ମାନବସମ୍ବଳର ଅଭାବକୁ ଦୃଷ୍ଟିରେ ରଖି ୨୦୧୪ ଅଗଷ୍ଟ ୨୭ ତାରିଖରେ ସାଧାରଣ ପ୍ରଶାସନ ବିଭାଗ ଯେଉଁ ସଂକଳ୍ପ ଜାରି ନିଯୁକ୍ତି ନିୟମାବଳୀର କୋହଳ ପାଇଁ ଅନୁମତି ଦିଆଯାଇଥିଲା, ବାସ୍ତବରେ ତା'ର ଉଦ୍ଦେଶ୍ୟ ଏହା ନଥିଲା । ବିଭିନ୍ନ ପାରିଶ୍ରମିକ ଓ ସର୍ତ୍ତାବଳୀ ସହିତ ସାମୟିକ ଭାବେ ନିର୍ଦ୍ଦିଷ୍ଟ ସମୟ ପାଇଁ ଚୁକ୍ତିଭିତ୍ତିକ ଭାବେ ପୁନଃନିଯୁକ୍ତି ଦେବାର ବ୍ୟବସ୍ଥା ହୋଇଥିଲା ।ତେବେ ୨୦୧୪ ମସିହାର ଏହି ସଂକଳ୍ପକୁ ଖାରଜ କରିବା ପାଇଁ ମୋହନ ସରକାର ନିଷ୍ପତ୍ତି ନେବା ସହ ଯଦି ନିତ୍ୟ ବ୍ୟବହାର୍ଯ୍ୟ କାର୍ଯ୍ୟ ପାଇଁ ପଦବୀ ଖାଲି ହୁଏ ଓ ସେହି ପଦବୀରେ ଅବସରପ୍ରାପ୍ତ କର୍ମଚାରୀଙ୍କୁ ପୁନଃନିଯୁକ୍ତି ପରିବର୍ତ୍ତ ? ସମ୍ପୃକ୍ତ ବିଭାଗ ବା କାର୍ଯ୍ୟାଳୟ ପ୍ରତ୍ୟକ୍ଷ ଓ ପଦୋନ୍ନତିଭିତ୍ତିକ ନିଯୁକ୍ତି ମାଧ୍ୟମରେ ସେହି ପଦବୀକୁ ପୂରଣ କରିବାକୁ ପଦକ୍ଷେପ ନେବେ । ଅବସରପ୍ରାପ୍ତ କର୍ମଚାରୀଙ୍କୁ ପୁନଃନିଯୁକ୍ତି ଦେବା ପୂର୍ବରୁ ସମ୍ପୃକ୍ତ ବିଭାଗ ଓ କାର୍ଯ୍ୟାଳୟ ତାଙ୍କୁ କାହିଁକି ପୁନଃନିଯୁକ୍ତି ଦେବେ ତା'ର ଯଥାର୍ଥ କାରଣ ଓ ଏବେ ସଂକଳ୍ପରେ ଜାରି ହୋଇଥିବା ସର୍ତ୍ତାବଳୀକୁ ଦୃଷ୍ଟିରେ ରଖି କାର୍ଯ୍ୟ କରିବେ।

## କଡେଇରେ ରନ୍ଧାଯାଉଛି ମହାପ୍ରସାଦ; ସେବାୟତ କହିଲେ- ପରମ୍ପରା ବିରୋଧୀ



ଭୁବନେଶ୍ୱର,୧୨।୯(ପି.ଏନ): ଅନ୍ନକ୍ଷେତ୍ର ହେଉଛି ଶ୍ରୀକ୍ଷେତ୍ର। ଏଠି ମହାପ୍ରସାଦ କୁଡୁଆରେ ରନ୍ଧନ କରାଯାଇଥାଏ। ଏପରିକି ମହାପ୍ରଭୁଙ୍କ ପାଖରେ କୁଡୁଆରେ ମହାପ୍ରସାଦ ଅର୍ପଣ କରାଯାଇଥାଏ। ଭାରତ ବର୍ଷରେ କୌଣସି ମନ୍ଦିରରେ ଏପରି ବ୍ୟବସ୍ଥା ନାହିଁ। କିନ୍ତୁ ଶ୍ରୀକ୍ଷେତ୍ରରେ କୁଡୁଆରେ ରନ୍ଧାଯିବା ଓ ଭୋଗ ଲାଗିବା ହେଉଛି ସ୍ୱତନ୍ତ୍ର। ହେଲେ ମହାମାରୀ କରୋନା ପରେ କୁଡୁଆର ଅଭାବ ଦେଖାଦେବାରୁ କିଛି ସୁଆର ଓ ମହାସୁଆର ଲୁହା କଡ ?ଇରେ ମହାପ୍ରସାଦ ପ୍ରସ୍ତୁତ କରୁଛନ୍ତି। ଯାହାକୁ ବିରୋଧ କରିଛି ସୁଆର ଓ ମହାସୁଆର ନିଯୋଗ। ଏହା ପରମ୍ପରା ବିରୋଧୀ ବୋଲି ନିଯୋଗ କହିଛି। ଶ୍ରୀମନ୍ଦିରରେ କୁଡୁଆରେ ରନ୍ଧାଯାଏ ଓ ଗର୍ଭଗୃହରେ କୁଡୁଆରେ ମହାପ୍ରସାଦ ଅର୍ପଣ କରାଯାଇଥାଏ। କିନ୍ତୁ ଏବେ ଦେଖିବାକୁ ମିଳିଛି ବିଚିତ୍ର ଚିତ୍ର। ସୁଆର ଓ ମହାସୁଆର ସେବକମାନେ ଲୁହା କଡେଇରେ ରାନ୍ଧୁଛନ୍ତି। ଯାହାକି ପରମ୍ପରା ବିରୋଧୀ। ଯାହାକୁ ନେଇ ସୁଆର ଓ ମହାସୁଆର ନିଯୋଗ ତରଫରୁ ନୋଟିସ୍ ଜାରି କରାଯାଇଛି। ଶ୍ରୀମନ୍ଦିର ପ୍ରଶାସନକୁ ମଧ୍ୟ ଚିଠି ମାଧ୍ୟମରେ ଅବଗତ କରାଯାଛି।

## ଚୀନ୍‌ର ବିପଜ୍ଜନକ ଉଦ୍ଦେଶ୍ୟ: ପରମାଣୁ ବୋମା ବଟନ୍ କାହା ହାତରେ ଦେବାକୁ ଯାଉଛି

ବେଜିଂ,୧୨।୯(ପି.ଏନ): ଚୀନ୍‌ର ଷଡଯନ୍ତ୍ର ସମସ୍ତଙ୍କୁ ଜଣା। କେବଳ ଆମେରିକା ଏବଂ ୟୁରୋପ ନୁହେଁ, ସମଗ୍ର ବିଶ୍ୱ ରାଷ୍ଟ୍ରପତି ସି ଜିନପିଙ୍ଗଙ୍କ ଉଦ୍ଦେଶ୍ୟକୁ ଭୟ କରୁଛି। କିନ୍ତୁ ସେ ବର୍ତ୍ତମାନ ଯାହା କରିଛନ୍ତି ତାହା ଆତଙ୍କ ବିସ୍ତାର କରିବାକୁ ଯାଉଛି। ଚୀନ୍ ଜୈବିକ ଅସ୍ତ୍ର ବିକଶିତ କରୁଛି। ବିପଜ୍ଜନକ ଅସ୍ତ୍ର ସହିତ ଯୁଦ୍ଧ ବିମାନ ଏବଂ ସୁପରସୋନିକ୍ କ୍ଷେପଣାସ୍ତ୍ର ତିଆରି କରିବାର ଚୀନ୍ ଆଗୁଆ ରହିଛି। ଏବେ ଚୀନ୍ ଏକ ବିପଜ୍ଜନକ ପଦକ୍ଷପ ଗ୍ରହଣ କରିଛି। ୧୦୦ରୁ ଅଧିକ ଦେଶ ନିଷ୍ପତ୍ତି ନେଇଛନ୍ତି ଯେ ଆଣବିକ ବୋମାକୁ ଆର୍ଟିଫିସିଆଲ ଇଣ୍ଟେଲିଜେନ୍ସ (ଏଆଇ) ଅଧୀନରେ ରଖାଯିବ ନାହିଁ, କାରଣ ଏହା ଯେକେ ?ଣସି ସମୟରେ ବଡ ଧ୍ୱଂସ ଘଟାଇପାରେ। କିନ୍ତୁ କେବଳ ଚୀନ୍ ଏହି ଚୁକ୍ତି ସ୍ୱାକ୍ଷର କରିବାକୁ ମନା କରିଦେଇଛି। ଏଥିରୁ ସ୍ପଷ୍ଟ ଜଣାପଡୁଛି ଯେ ଚୀନ୍ ଏହାର ଆଣବିକ ଅସ୍ତ୍ରଶସ୍ତ୍ରର ନିୟନ୍ତ୍ରଣକୁ ଏଆଇକୁ ଦେଇପାରେ। ନିକଟରେ ଦକ୍ଷିଣ କୋରିଆର ରାଜଧାନୀ ସିଓଲରେ ଏକ ସଭା ଅନୁଷ୍ଠିତ ହୋଇଥିଲା ଯେଉଁଥିରେ ୧୦୦ରୁ ଅଧିକ ଦେଶ ଅଂଶଗ୍ରହଣ କରିଥିଲେ। ଉଦ୍ଦେଶ୍ୟ ଥିଲା ସେନା ଏବଂ ଯୁଦ୍ଧକ୍ଷେତ୍ରରେ ଏଆଇ କିପରି ଏବଂ କେତେ ପରିମାଣରେ ବ୍ୟବହାର କରାଯିବା ଉଚିତ୍ ସେ ବିଷୟରେ ଆଲୋଚନା କରିବା ଏବଂ ସ୍ଥିର କରିବା।ସେନାରେ ଏଆଇ ବ୍ୟବହାରକୁ ନେଇ ଅଧିକାଂଶ ଦେଶରେ ସହମତି ପ୍ରକାଶ ପାଇଥିଲା, କିନ୍ତୁ ଯେତେବେଳେ ପରମାଣୁ ବୋମା ଏଆଇ ନିୟନ୍ତ୍ରଣରେ ରଖିବାକୁ ନେଇ ପ୍ରସଙ୍ଗ ଆସିଲା ସେତେବେଳେ ଚୀନ୍ ପଛଘୁଞ୍ଚା ଦେଇଥିଲା। ଚୀନ୍ ଏହି ଚୁକ୍ତିନାମା ସ୍ୱାକ୍ଷର କରିବାକୁ ସମ୍ପୂର୍ଣ୍ଣ ଭାବେ ମନା କରିଦେଇଥିଲେ। ଏହା ସ୍ପଷ୍ଟ ହୋଇଥିଲା ଯେ ଚୀନ୍ ପରମାଣୁ ବୋମାଗୁଡିକର ଭଣ୍ଡାରକୁ ଏଆଇ ନିୟନ୍ତ୍ରଣରେ ରଖିବାକୁ ଚାହୁଁଛି। ଏଥିରେ କୌଣସି ଆନ୍ତର୍ଜାତୀୟ ନିୟମ ଲାଗୁ ହେବ ନାହିଁ। ଯଦି ଆଣବିକ ବୋମାର ବଟନ୍ ମନୁଷ୍ୟର ହାତରେ ରୁହେ, ତେବେ ମଣିଷ ଏହାକୁ ଚିନ୍ତାକରି ବ୍ୟବହାର କରିବ। କିନ୍ତୁ ଯଦି ଏହା ଏଆଇର ନିୟନ୍ତ୍ରଣରେ ଯାଏ, ତେବେ ଯେକେଣସି ସମୟରେ ବଡ଼ ଧ୍ୱଂସ ହେବାର ଭୟ ରହିଛି। କାରଣ ଏଆଇ ଏକ ମେସିନ୍ ପରି କାମ କରେ । ଯଦି ଏଥିରେ କୌଣସି ବୈଷୟିକ ତ୍ରୁଟି ହୁଏ ତେବେ ବଡ ଧରଣର ଧ୍ୱଂସ ଘଟିବା ନିଶ୍ଚିତ।ସେଥିପାଇଁ ବିଭିନ୍ନ ଦେଶଗୁଡ଼ିକ ପକ୍ଷରୁ ଏକ ଅନ୍ତର୍ଜାତୀୟ ନିୟମ କରିବାକୁ ପରାମର୍ଶ ଦିଆଯାଇଥିଲା। ଯାହା ଅନୁଯାୟୀ, ଯଦି କୌଣସି ଦେଶ ପରମାଣୁ ବୋମାର ବଟନ୍‌କୁ ଏଆଇ ନିୟନ୍ତ୍ରଣରେ ରଖିବାକୁ ନିଷ୍ପତ୍ତି ନିଏ, ତା'ହେଲେ ସେହି ଦେଶ ଉପରେ କଡା ପ୍ରତିବନ୍ଧକ ଲଗାଯିବ। ଏହା ସହିତ ଜରିମାନା ମଧ୍ୟ ଲାଗୁ କରାଯିବ।

## ରାଜ୍ୟ କ୍ୟାବିନେଟରେ ବଡ ନିଷ୍ପତ୍ତି, ବାପାଙ୍କ ପରେ ଝିଅ ପାଇବେ ସରକାରୀ ଚାକିରି



ଭୁବନେଶ୍ୱର୧୨।୯(ପି.ଏନ): ଶେଷ ହୋଇଛି ରାଜ୍ୟ କ୍ୟାବିନେଟର ଗୁରୁତ୍ୱପୂର୍ଣ୍ଣ ବୈଠକ । ଲୋକସେବା ଭବନରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଏହି ବୈଠକ ବସିଥିବା ବେଳେ ୩ଟି ପ୍ରସ୍ତାବ ଉପରେ କ୍ୟାବିନେଟ ମୋହର ବାଜିଛି । ଅଗ୍ନିବୀରଙ୍କୁ ନେଇ କ୍ୟାବିନେଟରେ ବଡ ନିଷ୍ପତ୍ତି ହୋଇଛି । ଅଗ୍ନିବୀକଙ୍କ ପାଇଁ ରାଜ୍ୟ ୟୁନିଫର୍ମ ସର୍ଭିସରେ ୧୦ ପ୍ରତିଶତ ସ୍ଥାନ ସଂରକ୍ଷଣକୁ ମଞ୍ଜୁରୀ ମିଳିଛି । ୧ ବର୍ଷ ଟ୍ରେନିଙ୍ଗ ଏବଂ ୪ ବର୍ଷ ଚାକିରି ପରେ ବି ମିଳିବ ନିଯୁକ୍ତି । ସେହିପରି ସରକାରୀ କର୍ମଚାରୀଙ୍କ ମୃତ୍ୟୁ ହୋଲେ ଏଣିକି ଝିଅଙ୍କୁ ମିଳିବ ଚାକିରି । ଯଦି ଝିଅ ବିବାହିତା ନଥିବେ ତାହେଲେ ନିଯୁକ୍ତି ପାଇଁ ନିଷ୍ପତ୍ତି ହୋଇଛି । ଥଇଥାନ ଯୋଜନାରେ ଏହି ଚାକିରି ଦିଆଯିବ । ପୋଲିସ, ଅଗ୍ନିଶମ ଓ ବନବିଭାଗରେ ୧୦% ସଂରକ୍ଷଣ ବ୍ୟବସ୍ଥା କରାଯାଇଛି । ଅନ୍ୟପଟେ ଗୋପାଳପୁର ପୋର୍ଟର ୯୫ ସେୟାର ଆଦାନୀ ଗ୍ରୁପକୁ ପ୍ରଦାନ କରାଯାଇଥିବାକୁ ବନ୍ଦରର ଉନ୍ନତି କରଣ କରାଯାଇପାରିବ । ଏହା ଦ୍ୱାରା ନିଯୁକ୍ତି ସୁଯୋଗ ବଢିବ । ଏହି କ୍ୟାବିନେଟ ବୈଠକରେ ମୁଖ୍ୟମନ୍ତ୍ରୀ ମୋହନ ମାଝୀ ଏବଂ ପ୍ରଭାରୀ ବିଜୟ ପାଲ ସିଂ ତୋମାର ଉପସ୍ଥିତ ଥିଲେ

## ସଂରକ୍ଷଣ ୫୦ ପ୍ରତିଶତରୁ ଅଧିକ ହେବ: ସ୍ପଷ୍ଟୀକରଣ ଦେଲେ ରାହୁଲ

ୱାଶିଂଟନ,୧୨।୯(ପି.ଏନ): ଆମେରିକାରେ ରାହୁଲ ଗାନ୍ଧୀ ଦେଇଥିବା ବିବୃତିକୁ ସମାଲୋଚନା କରାଯାଉଛି। ଯାହା ଉପରେ ବର୍ତ୍ତମାନ ରାହୁଲ ଗାନ୍ଧୀ ସ୍ପଷ୍ଟୀକରଣ ଦେଇଛନ୍ତି। ସେ କହିଛନ୍ତି ଯେ ତାଙ୍କ ଦଳ ୫୦ ପ୍ରତିଶତ ସଂରକ୍ଷଣ ସୀମା ଅତିକ୍ରମ କରିବ। ରାହୁଲ ଗାନ୍ଧୀ କହିଛନ୍ତି, ମୋ ବିବୃତିକୁ ଭୁଲ ଭାବରେ ଉପସ୍ଥାପିତ କରାଯାଇଛି ଯେ ମୁଁ ସଂରକ୍ଷଣର ବିରୋଧୀ। କିନ୍ତୁ ମୁଁ ଏହା ସ୍ପଷ୍ଟ କରିବାକୁ ଚାହୁଁଛି ମୁଁ ସଂରକ୍ଷଣର ବିରୋଧୀ ନୁହେଁ। ଆମେ ସଂରକ୍ଷଣର ୫୦ ପ୍ରତିଶତ ସୀମା ଅତିକ୍ରମ କରି ଆଗକୁ ନେବୁ। ବାସ୍ତବରେ ରାହୁଲ ଗାନ୍ଧୀ ୱାଶିଂଟନ୍ ଡିସିର ଜର୍ଜଟାଉନ୍ ୟୁନିଭରସିଟିରେ ଆୟୋଜିତ କାର୍ଯ୍ୟକ୍ରମରେ ଏକ ବିବୃତି ଦେଇଥିଲେ। ରାହୁଲ ଗାନ୍ଧୀ ତାଙ୍କ ବିବୃତିରେ କହିଥିଲେ ଯେ ଯେତେବେଳେ ଭାରତ ଏକ ନ୍ୟାୟପୂର୍ଣ୍ଣ ସ୍ଥାନ ହେବ, ସେତେବେଳେ ସଂରକ୍ଷଣକୁ ଶେଷ କରିବାକୁ କଂଗ୍ରେସ ବିଚାର କରିବ। ରାହୁଲ ଗାନ୍ଧୀ କହିଥିଲେ ଭାରତ ବର୍ତ୍ତମାନ ଉଚିତ୍ ସ୍ଥାନ ନୁହେଁ। ଭାରତର ଜନସଂଖ୍ୟାର ୯୦ ପ୍ରତିଶତ ଦଳିତ, ପଛୁଆ ବର୍ଗ ଏବଂ ଆଦିବାସୀଙ୍କୁ ନେଇ ଗଠିତ, ଯେଉଁମାନେ ସୁବିଧା ସୁଯୋଗରୁ ବଞ୍ଚିତ ।ରାହୁଲ ଗାନ୍ଧୀ କହିଛନ୍ତି ଯେ ଜନଗଣନା ହେଉଛି ନିମ୍ନ, ପଛୁଆ ଜାତି ଏବଂ ଦଳିତମାନେ କିପରି ଏହି ବ୍ୟବସ୍ଥାରେ ସଂଯୁକ୍ତ ହେବେ ତାହା ଜାଣିବା ପାଇଁ ଏକ ପ୍ରୟାସ। ଭାରତର ୨୦୦ ବ୍ୟବସାୟ ମଧ୍ୟରୁ ୯୦ ପ୍ରତିଶତ ଦେଶର ଜନସଂଖ୍ୟା ନୁହେଁ। ଶୀର୍ଷ ଅଦାଲତରେ ମଧ୍ୟ ସେମାନଙ୍କର କୌଣସି ଅଂଶଗ୍ରହଣ ନାହିଁ ।ଗଣମାଧ୍ୟମରେ ମଧ୍ୟ ନିମ୍ନ ଜାତିର କୌଣସି ଅଂଶଗ୍ରହଣ ନାହିଁ। ଜାତିସଂଘ ଜନଗଣନା ପଛର କାରଣ ବର୍ଣ୍ଣନା କରି ରାହୁଲ ଗାନ୍ଧୀ କହିଛନ୍ତି, ଆମେ ବୁଝିବାକୁ ଚାହୁଁଛୁ ପଛୁଆ ଲୋକ ଏବଂ ଦଳିତଙ୍କ ସାମାଜିକ ତଥା ଅର୍ଥନୈତିକ ଅବସ୍ଥା କ'ଣ? ଆମେ ମଧ୍ୟ ଭାରତୀୟ ଅନୁଷ୍ଠାନ ଦେଖିବାକୁ ଚାହୁଁଛୁ ଯାହା ଦ୍ୱାରା ଆମେ ଏକ ଧାରଣା ପାଇପାରିବା। ଏହି ଅନୁଷ୍ଠାନଗୁଡ଼ିକରେ ଭାରତର ଅଂଶଗ୍ରହଣ ହୋଇପାରେ ।ରାହୁଲ ଗାନ୍ଧୀଙ୍କ ବିବୃତିକୁ ବିଜେପି ଟାର୍ଗେଟ କରିଛି। ରାହୁଲ ଗାନ୍ଧୀ ବିଦେଶରେ ଜାତୀୟ ବିରୋଧୀ ମନ୍ତବ୍ୟ ଦେଇଥିବା ଅଭିଯୋଗ କରିଛି ବିଜେପି। କେନ୍ଦ୍ର ଗୃହମନ୍ତ୍ରୀ ଅମିତ ଶାହ କହିଛନ୍ତି ଯେ ରାହୁଲ ଗାନ୍ଧୀଙ୍କ ବିବୃତି ଆଞ୍ଚଳିକତା, ଧର୍ମ ଏବଂ ଭାଷା ପାର୍ଥକ୍ୟ ଆଧାରରେ ମତଭେଦ ସୃଷ୍ଟି କରିବାର ରାଜନୀତିକୁ ପ୍ରକାଶ କରିଛି।

## ଚାଷୀଙ୍କୁ ଦେଲେନି; ଜଙ୍ଗଲରେ ଫିଙ୍ଗିଦେଲେ ଡୋଲୋମାଇଟ୍ !



ଭୁବନେଶ୍ୱର,୧୨।୯(ପି.ଏନ): ଉର୍ବର ହେବ ଚାଷ ଜମି। ଆଉ ସଶକ୍ତ ହେବେ ଚାଷୀ। ସେଥିପାଇଁ ଚାଷୀଙ୍କୁ ଯୋଗାଇଦେବାକୁ ଆସିଥିଲା ଡୋଲୋମାଇଟ୍। ରାଜ୍ୟ ସରକାରଙ୍କ ପକ୍ଷରୁ ଏହି ଡୋଲୋମାଇଟ୍ ଯୋଗାଇ ଦିଆଯାଇଥିଲା। ହେଲେ ସେହି ଡୋଲୋମାଇଟ୍‌କୁ ଏବେ ଜଙ୍ଗଲରେ ଫିଙ୍ଗି ଦିଆଯାଇଛି। ବସ୍ତେ କି ଦୁଇ ବସ୍ତା ନୁହେଁ, ଶହଶହ ଡୋଲୋମାଇଟ୍ ବସ୍ତା ଜଙ୍ଗଲ ଭିତରେ ପଡିଥିବା ଦେଖିବାକୁ ମିଳିଛି। ସୁନ୍ଦରଗଡ ଜିଲ୍ଲାରେ ଦେଖିବାକୁ ମିଳିଛି ଏପରି ଚିତ୍ର।ବାଲିଶଙ୍କରା ବ୍ଲକ୍ କିଂଜିରକେଲା-ବିରକାଲଡିହି ରାସ୍ତାରେ ଥିବା ଜଙ୍ଗଲ ମଝିରେ ପଡିଛି ଶହଶହ ବସ୍ତା ଡୋଲୋମାଇଟ୍। ଓଡିଶା ସରକାରଙ୍କ ଲୋଗୋ ଥିବା ଏହି ବ୍ୟାଗରେ ଓଡିଶା ଆଗ୍ରୋ ଇଣ୍ଡଷ୍ଟ୍ରିଜ କର୍ପୋରେସନ ଲିମିଟେଡ୍ ଲେଖାଯାଇଛି। ଏହା ବିକ୍ରି ପାଇଁ ଉଦ୍ଦିଷ୍ଟ ନୁହେଁ, ଚାଷୀଙ୍କୁ ଯୋଗାଇ ଦେବାକୁ ଆସିଥିବା ଉଲ୍ଲେଖ ରହିଛି। ଡୋଲୋମାଇଟ୍ ମାଗ୍ନେଶିୟମ ଓ କ୍ୟାଲସିୟମ କାର୍ବୋନେଟର ଚୁନ ମାଟିରେ ମିଶିଲେ ମାଟିର ଉର୍ବରତା ବଢ଼ିଥାଏ। ଯାହାଫଳରେ ଚାଷୀଙ୍କ ଅମଳ ବଢିଥାଏ।

## ପାରଳା ମୁନିସିପାଲିଟିରେ ଜଳାଭାବ ଦୂରୀକରଣ ବିଧାନସଭାରେ ରୂପେଶଙ୍କ ପ୍ରଶ୍ନ

ପାରଳାଖେମୁଣ୍ଡି,୧୨।୯(ପି.ଏନ): ବହୁ ପୁରାତନ ପାରଳାଖେମୁଣ୍ଡି ମୁନିସିପାଲିଟିରେ ପାନୀୟ ଜଳର ଅଭାବ ଦୂରୀକରଣ ପାଇଁ ପାରଳା ବିଧାୟକ ରୁପେଶ ପାଣିଗ୍ରାହୀ ବିଧାନସଭାରେ ଦୃଷ୍ଟି ଆକାଶଣ କରି ତୁରନ୍ତ ସମାଧାନ ପାଇଁ ଦାବି ଜଣାଇଛନ୍ତି। ଏନେଇ ନଗର ଉନ୍ନୟନ ମନ୍ତ୍ରୀ ତୁରନ୍ତ ଏହାର ସମାଧାନ କରାଯିବ ବୋଲି ନିର୍ଭର ଯୋଗ୍ୟ ପ୍ରତିଶ୍ରୁତି ଦେଇଥିବା ମଧ୍ୟ ସୂଚନା ମିଳିଛି। ଅତି ପୁରାତନ ପାରଳା ସହରର ଇଫ୍‌ଲାଇନ୍ କୁହାଯାଉଥିବା ମହେନ୍ଦ୍ରତନୟା ନଦୀର ଜଳସ୍ତର ଖରାଦିନେ ହ୍ରାସ ପାଇବା ଫଳରେ ସହରକୁ ଜଳଯୋଗାଣ ପ୍ରଭାବିତ ହେଉଛି। ଏ ନେଇ ବିଧାନସଭାରେ ସରକାର ପଦକ୍ଷେପ ସଂପର୍କରେ ପାରଳାଖେମୁଣ୍ଡି ବିଧାୟକ ରୂପେଶ ପାଣିଗ୍ରାହୀ ପ୍ରଶ୍ନ କରିଥିଲେ। ଉତ୍ତର ଦେଇ ଗୃହ ଓ ନଗର ଉନ୍ନୟନ ବିଭାଗ ମନ୍ତ୍ରୀ କୃଷ୍ଣଚନ୍ଦ୍ର ମହାପାତ୍ର ଏହାର ସମାଧାନର ପ୍ରତିଶ୍ରୁତି ଦେଇଛନ୍ତି। ପାରଳାଖେମୁଣ୍ଡି ସହର ସହରର ଜନସଂଖ୍ୟା ପ୍ରାୟ ୫୫ ହଜାର ଏତେ ସଂଖ୍ୟକ ଜନସାଧାରଣଙ୍କ ପାଇଁ ପ୍ରତିଦିନ ୭.୧୫ ଏସ୍‌ଏଲ୍‌ଡି ଜଳର ଆବଶ୍ୟକତା ରହିଛି। ବର୍ତ୍ତମାନ ବିଭାଗ ପକ୍ଷରୁ ୮.୨୨ଏମ୍‌ଏଲ୍‌ଡି ଜଳ ଯୋଗାଣ ହେଉଛି, ଯାହାକି ଆବଶ୍ୟକତା ଠାରୁ ଅଧିକ।ହେଲେ ପ୍ରତେକ ବର୍ଷ ଏପ୍ରିଲ ଓ ମେ ମାସରେ ପ୍ରବଳ ଖରା ଯୋଗୁଁ ମହେନ୍ଦ୍ରତନୟା ନଦୀଶଯ୍ୟା ଶୁଷ୍କ ହୋଇ ଜଳଯୋଗାଣ ପ୍ରଭାବିତ ହୋଇଆସୁଛି। ଏଣୁ ଏହାର ସ୍ଥାୟୀ ସମାଧାନ କରାଯିବା ପାଇଁ ପାରଳା ବିଧାୟକ ରୁପେଶ ପାଣିଗ୍ରାହୀ ବିଧାନସଭାରେ ଦାବି କରିଥିଲେ।









# ଟି ଟାଇମ୍

## ବୈଜନାଥ ମନ୍ଦିର

ହିମାଚଳ ପ୍ରଦେଶର କାଙ୍ଗଡା ଜିଲ୍ଲାରେ ବୈଜନାଥ ମନ୍ଦିର ଅବସ୍ଥିତ। ଏହି ମନ୍ଦିର ପାଣ୍ଡପଙ୍କ ସମୟରେ ନିର୍ମାଣ କରାଯାଇଥିଲା। ଅଜ୍ଞାତବାସ ସମୟରେ ପାଣ୍ଡବମାନେ ଏହି ମନ୍ଦିରକୁ ନିର୍ମାଣ କରିଥିଲେ ବୋଲି କେହି କେହି ମତ ବ୍ୟକ୍ତ କରିଛନ୍ତି। ମନ୍ଦିର ନିର୍ମାଣ କରିବା ସହ ସ୍ୱର୍ଗକୁ ଯିବା ପାଇଁ ନିଶୁଣୀ ତିଆରି କରିବା ପାଇଁ ଚାହିଁଥିଲେ କିନ୍ତୁ ସୂର୍ଯ୍ୟୋଦୟ ହୋଇଯିବାରୁ ଏହି କାମକୁ ଅଧାରୁ ଛାଡି ପାଣ୍ଡବ ଚାଲିଯାଇଥିଲେ। କୁହାଯାଇଛି ଯେ, ଏହି ମନ୍ଦିରରେ ସ୍ଥାପିତ ହୋଇଥିବା ଶିବଲିଙ୍ଗକୁ ରାବଣ ଶ୍ରୀଲଙ୍କା ନେଇଯାଉଥିଲା। ରାବଣ ଏହି ଲିଙ୍ଗକୁ ନେଇଯାଉଥିବା ଖବର ଜାଣି ଭଗବାନ ଗଣେଷ ରାବଣକୁ ଅଟକାଇ ଥିଲେ। ଫଳରେ ରାବଣ ଶିବଲିଙ୍ଗକୁ ସାଥିରେ ନନେଇ ଉକ୍ତ ସ୍ଥାନରେ ରଖିଦେଇଥିଲା। ସେହିପରି ଉତ୍ତରାଖଣ୍ଡରେ ଥିବା ବୈଦ୍ୟନାଥ ୧୨ ଜ୍ୟୋତିର୍ଲିଙ୍ଗ ମଧ୍ୟରୁ ଅନ୍ୟତମ। ଏଠାରେ ରାବଣ ଶିବଲିଙ୍ଗ ତିଆରି କରି ଶିବଙ୍କୁ ଆରଧନା କରିଥିଲେ। ଏଠାରେ ରାମଲୀଳା ଉତ୍ସବ କରାଯାଇନଥାଏ। ଯଦି କୌଣସି ଦଶତ ରାମଲୀଳା ପାଳନ କରିବା ପାଇଁ ଚେଷ୍ଟା କିଏ କଲା ତା ସହ କିଛି ନା କିଛି ସମସ୍ୟା ଦେଖାଦେଇଥାଏ ବୋଲି ଅନେକ ବିଶ୍ୱାସ କରିଥାନ୍ତି। ଏହି ମନ୍ଦିରରେ ମା' ଦୁର୍ଗାଙ୍କ ବିଭିନ୍ନ ରୂପ ମନ୍ଦିରର ଚାରିପଟେ ରହିଛି।

## ପ୍ଲାଷ୍ଟିକ୍ ବେବି



ଏହି ବ୍ୟସ୍ତ ବହୁଳ ଜୀବନରେ ଜଣେ ସାଧାରଣ ବ୍ୟକ୍ତି ଠିକ୍ ଭାବରେ ଖାଦ୍ୟ ଖାଇବାକୁ ସମୟ ପାଉନଥିବା ବେଳେ ୮ବର୍ଷୀୟ ପିଲା ଖାଦ୍ୟ ଖାଇବା ଛାଡ଼ି ପ୍ଲାଷ୍ଟିକ୍ ଜିନିଷ ଖାଇ ଯାଉଛି । ୮ବର୍ଷର ଝିଅ ଜେସିକା ଓ୍ୱାକର, ପିକା ନାମକ ରୋଗରେ ପୀଡ଼ିତ । ଏହି ରୋଗରେ ଜେସିକା ପୌଷ୍ଟିକ ଆହାରକୁ ଛାଡ଼ି ଅନ୍ୟ ସବୁ କିଛି ଖାଇବାକୁ ଇଚ୍ଛା ହୋଇଥାଏ ଯାହା ଜଣେ ସାଧାରଣ ବ୍ୟକ୍ତି କେବେ ଖାଇନଥାଏ । ଜେସିକାର ମା' ଲିଣ୍ଡସେ କହନ୍ତି ଯେତେବେଳେ ଜେସିକା ଛୋଟଥିଲେ ବାଲି, ମାଟି ଓ ମହମବତୀ ଖାଇଦେଉଥିଲେ । ଯଦି ପ୍ଲେଟରେ ମାଂସ ତରକାରି କିମ୍ବା ଅନ୍ୟ କୌଣସି ବ୍ୟଞ୍ଜନ ରଖାଯାଇଥାଏ ତେବେ ଜେସିକା ତାକୁ କେବେବି ଛୁଅନ୍ତି ନାହିଁ । ଝିଅର ଏଭଳି ସମସ୍ୟା ଦେଖି ତାଙ୍କ ମା' ତାକୁ ବାଳ ସୁରକ୍ଷା ଗୃହରେ ଛାଡ଼ିଥିଲେ କିନ୍ତୁ ସେଠାରେ ମଧ ଏକା ପରିସ୍ଥିତି ଉପୁଜିଥିଲା । ଜେସିକା କଞ୍ଚା ପରିବା ଖାଆନ୍ତି, ଜିନିଷ ପତ୍ର ଉପରେ ଲାଗିଥିବା ର୍ୟାପ୍ ବା ଜରିକୁ ଖାଆନ୍ତି । ଡାକ୍ତରଙ୍କ କହିବା ଅନୁସାରେ ଜେସିକାଙ୍କର ଏହି ରୋଗ ଭିଟାମିନ୍‌ର ଅଭାବ କାରଣରୁ ହୋଇଥାଏ । ପାଞ୍ଚ ବର୍ଷ ହେବ ଜେସିକାଙ୍କର ଏହି ରୋଗ ହୋଇଥିଲେ ହେଁ ତାଙ୍କର ଚିକିତ୍ସା ଠିକ୍ ଭାବେ କରାଯାଇପାରୁନାହିଁ । ଏଥିପାଇଁ ଜେସିକାର ମା' ବହୁତ ଚିନ୍ତିତ ଅଛନ୍ତି ।

## ଚର୍ଚ୍ଚାରେ 'ହରାମ୍‌ଖୋର'



ନୱାଜଉଦ୍ଦିନ ସିଦ୍ଦିକି ଓ ଶ୍ୱେତା ତ୍ରିପାଠୀଙ୍କ ଅଭିନୀତ ଫିଲ୍ମ 'ହରାମ୍‌ଖୋର'ର ଟ୍ରେଲର ରିଲିଜ କରାଯାଇଛି। ପୂର୍ବରୁ ଫିଲ୍ମକୁ ନେଇ କିଛି ସମସ୍ୟା ଦେଖାଦେଇଥିଲା। ମାତ୍ର ଫିଲ୍ମଟି ସମାଜକୁ ଏକ ସୁନ୍ଦର ବାର୍ତ୍ତା ପ୍ରଦାନ କରୁଥିବାରୁ ଏହାର ବ୍ୟାନକୁ ହଟାଇଦିଆଯାଇଛି। ଗୁଜୁରାଟର ଏକ ଛୋଟ ଗାଁରେ ସୁଟିଂ କରାଯାଇଛି ସମ୍ପୂର୍ଣ୍ଣ ଫିଲ୍ମ। ଶ୍ଲୋକ ଶର୍ମାଙ୍କ ନିର୍ଦ୍ଦେଶନାରେ ମାତ୍ର ୧୬ଦିନରେ ଶେଷ ହୋଇଛି ପୂରା ଫିଲ୍ମର ସୁଟିଂ। ଫିଲ୍ମର କାହାଣୀରେ ଜଣେ ୧୪ବର୍ଷର ଝିଅର ନିଜ ପ୍ରଫେସରଙ୍କ ସହ ପ୍ରେମକାହାଣୀକୁ ଦର୍ଶାଯାଇଛି। ନିଛକ ଗାଁର ଛବି ଓ ଏହାର ସଙ୍ଗୀତ ଟ୍ରେଲରଟିକୁ ଅଧିକ ଆକର୍ଷଣୀୟ କରିଛି।

# ପୁରାଣ କାହାଣୀ

## କୁଟୁମ୍ବେଶ୍ୱର ମହାଦେବଙ୍କ ମହାତ୍ମ୍ୟ



ସଂସାର ହିତ ଲାଗି ସୋମବତୀ ଅମାବାସ୍ୟା କୁଟୁମ୍ବେଶ୍ୱର ଲିଙ୍ଗଙ୍କୁ ଦର୍ଶନ କଲେ କୁଟୁମ୍ବ ବୃଦ୍ଧି ପାଇବା ସହ ସମସ୍ତ ପାପ ଦୂର ହୋଇଥାଏ । ରବିବାର, ସୋମବାର, ଅଷ୍ଟମୀ, ଚତୁର୍ଦ୍ଦଶୀ ତଥା ସୋମବତୀ ଦିନ ଶିପ୍ରା ନଦୀରେ ସ୍ନାନ କରି କୁଟୁମ୍ବେଶ୍ୱରଙ୍କୁ ଦର୍ଶନ କଲେ ସୁଫଳ ମିଳିଥାଏ । ଏହାସହ ସ୍କନ୍ଦ ପୁରାଣରେ କୁଟୁମ୍ବେଶ୍ୱରଙ୍କ ମହାତ୍ମ୍ୟ ବର୍ଣ୍ଣନା କରାଯାଇଛି । ଏକଦା ଦେବତା ଓ ରାକ୍ଷସ ସମୂଦ୍ର ମନ୍ଥନ କରୁଥିବା ବେଳେ ବିଷ ଉତ୍ପନ୍ନ ହେଲା । ଏହାଦେଖି ରାକ୍ଷସ ଓ ଦେବତାମାନେ ବିଚଳିତ ହୋଇ ଉଠିଲେ । ସେମାନେ ଭଗବାନ ଶିବଙ୍କ ନିକଟକୁ ଯାଇ ସମସ୍ତ କଥା ପ୍ରକାଶ କରି ବିଷକୁ ଦୂର କରିବା ଲାଗି ପ୍ରାର୍ଥନା କଲେ । ମହାଦେବ ସମସ୍ତ କଥା ଶୁଣିବା ପରେ ମୟୂର ରୂପ ଧାରଣ କରି ସେହି ବିଷକୁ ପାନ କରିବା ଦ୍ୱାରା ତାଙ୍କ କଣ୍ଠ ନୀଳ ପଡିଗଲା । କିନ୍ତୁ ମହାଦେବ ଏହି ବିଷକୁ ଦୂର କରିବା ଲାଗି ଶିପ୍ରା ନଦୀକୁ ଆଦେଶ ଦେଲେଯେ ଏହି ବିଷକୁ ନେଇ ସେ ମହାକାଳ ବଣରେ ଥିବା କାମେଶ୍ୱରସ୍ଥିତ ଏକ ଲିଙ୍ଗ ଉପରେ ଚଢ଼ାଇ ଦିଅ । ମା' ଶିପ୍ରା ନଦୀ ଉକ୍ତ ବିଃକୁ ନେଇ ଲିଙ୍ଗ ଉପରେ ଢ଼ାଳିଦେଲେ । ବିଷର ପ୍ରଭାବରେ ଯେଉଁ ପ୍ରାଣୀ ତାଙ୍କୁ ଦର୍ଶନ କରୁଥିଲେ ସେମାନେ ମୋକ୍ଷ ପ୍ରାପ୍ତ କରୁଥିଲେ । କିଛି ବ୍ରାହ୍ମଣ ତୀର୍ଥ ଯାତ୍ରା କରିବା ଲାଗି ଏହି ଲିଙ୍ଗ ନିକଟକୁ ଆସି ଦର୍ଶନ କଲେ । ଦର୍ଶନ ଫଳରେ ସମସ୍ତ ବ୍ରାହ୍ମଣ ଦେହତ୍ୟାଗ କଲେ ଏହାଦ୍ୱାରା ତାଙ୍କ କୁଟୁମ୍ବ ଲୋପ ପାଇବାକୁ ଲାଗିଲା । ଏହା ଦେଖି କିଛି ବ୍ରାହ୍ମଣ ତାଙ୍କ କୁଟୁମ୍ବକୁ ବଞ୍ଚାଇବା ଲାଗି ଭଗବାନ ଶିବଙ୍କୁ ପ୍ରୟାର୍ଥନା କଲେ ଉକ୍ତ ପ୍ରାର୍ଥନାକୁ ସ୍ୱୀକାର କରି ମହାଦେବ କହିଲେ ରାଜା ଲକୁଳିଶ ଏହି ଲିଙ୍ଗକୁ ଦର୍ଶନ କଲେ ବିଷର ପ୍ରଭାବ ଆପେ ଆପେ ଦୂର ହୋଇଯିବ । ଏହି ଲିଙ୍ଗକୁ କୁଟୁମ୍ବେଶ୍ୱର କୁହାଯିବ କହି ମହାଦେବ ଅନ୍ତର୍ଦ୍ଧାନ ହୋଇଗଲେ ସେବେଠାରୁ ଏହି ଲିଙ୍ଗର ନାମ କୁଟୁମ୍ବେଶ୍ୱର ରହି ଆସିଛି ।

## ୫୦୦ କୋଟି ବନାମ ୫୦୦ଟଙ୍କା



ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ବିମୁଦ୍ରାକରଣ ନୀତି ସତ୍ତ୍ୱେ ଦେଶବାସୀ ଦେଖିଥିଲେ କର୍ଣ୍ଣାଟକର ପୂର୍ବତନ ମନ୍ତ୍ରୀ ତଥା ଖଣି ମାଲିକ ଜନାର୍ଦ୍ଦନ ରେଡ୍ଡୀଙ୍କ ଝିଅ ବ୍ରାହ୍ମଣୀଙ୍କ ୫୦୦ କୋଟିର ବିବାହ। ବିବାହ କାର୍ଡ, ପୋଷାକଠାରୁ ଆରମ୍ଭ କରି ଭୋଜିଭାତରେ ଖର୍ଚ୍ଚ ହୋଇଥିଲା କୋଟି କୋଟି ଟଙ୍କା। ଏବେ କିନ୍ତୁ ଦେଶବାସୀ ଏହି ନୀତିର ଅପରପାର୍ଶ୍ୱ ଦେଖିବାକୁ ପାଇଛନ୍ତି। ସାଧାରଣ ଜନତା ଏହି ନୀତି ଦ୍ୱାରା କେତେମାତ୍ରାରେ ପ୍ରଭାବିତ ହୋଇଛନ୍ତି ତାହାର ଜ୍ୱଳନ୍ତ ଉଦାହରଣ ସାଜିଛି ସୁରଟର ଦକ୍ଷା ପରମାର୍ ଓ ଭାରତ ମାରୁଙ୍କ ମାତ୍ର ୫୦୦ ଟଙ୍କାର ବିବାହ। ସୁରଟର ଏକ ଇଲେକଟ୍ରିସିଟି କମ୍ପାନୀରେ ଟେକ୍ନିସିଆନ ଭାବେ କାର୍ଯ୍ୟ କରୁଥିବା ରାଜ୍ ପରମାର୍ ନିଜ ଝିଅ ଦକ୍ଷାଙ୍କ ବିବାହ ଠିକ୍ କରିଥିଲେ କମ୍ପ୍ୟୁଟର ଇନିୟର ଭାରତ ମାରୁଙ୍କ ସହ। ଦୀପାବଳି ପୂର୍ବରୁ ଉଭୟ ପରିବାରର ମିଳାମିଶା ପରେ ବିବାହ ତାରିଖ ଦୀପାବଳି ପରେ ତଥା ନଭେମ୍ବର ୨୪କୁ ନିର୍ଦ୍ଧାରଣ କରାଯାଇଥିଲା। ଏହା ମଧ୍ୟ ସ୍ଥିର କରାଯାଇଥିଲା କି ଖୁବ୍ ଧୂମ୍‌ଧାମରେ ବିବାହ କରାଯିବ। ମାତ୍ର ୮ ତାରିଖରେ ୫୦୦ ଓ ୧୦୦୦ ଟଙ୍କିଆ ଅଚଳ ଉପରେ ଭାଷଣ ଶୁଣିବା ପରେ ଚିନ୍ତାରେ ଆସିଯାଇଥିଲେ ଉଭୟ ପରିବାର। ଜାକଜମକରେ କରିବାକୁ ଥିବା ବିବାହ ଆଶା ମଉଳି ଯାଇଥିଲା ସେମାନଙ୍କର। ନିର୍ଦ୍ଧାରିତ ତାରିଖ ପରିବର୍ତ୍ତେ ଅନ୍ୟ ତାରିଖରେ ବିବାହ କରିବା ପାଇଁ ଯୋଜନା କରିବାକୁ ଆରମ୍ଭ କରିଥିଲେ। କିନ୍ତୁ ସେହି ସମୟରେ ଦକ୍ଷା ଏକ ଉପାୟ ଚିନ୍ତା କରିଥିଲେ। ସେ ବିନା ଆଡମ୍ବରରେ ଭୋଜିରେ କେବଳ ଚା ଓ ପାଣିର ବ୍ୟବସ୍ଥା କରି ବିବାହ କରିବାର ପ୍ରସ୍ତାବ ପରିବାର ସଦସ୍ୟଙ୍କୁ ଦେଇଥିଲେ। ପ୍ରଥମେ ପରିବାର ଲୋକଙ୍କୁ ଦକ୍ଷାଙ୍କ ଏହି ପ୍ରସ୍ତାବ ଉଚିତ ଲାଗିନଥିଲା। କିନ୍ତୁ ବାରମ୍ବାର ବୁଝାଇବା ପରେ ସେମାନେ ରାଜି ହୋଇଥିଲେ। ପରେ ଉଭୟ ଦକ୍ଷା ଏବଂ ତାଙ୍କ ପରିବାର ସଦସ୍ୟ ମିଶି ଭାରତଙ୍କ ପରିବାର ଲୋକଙ୍କୁ ପ୍ରସ୍ତାବ ଦେଇଥିଲେ। ପ୍ରଥମେ ମଧ୍ୟ ଭାରତଙ୍କ ପରିବାର ଠାରୁ ଅନୁରୂପ ପ୍ରତିକ୍ରିୟା ମିଳିଥିଲା। ମାତ୍ର ପରେ ସେମାନେ ମଧ୍ୟ ରାଜି ହୋଇଯାଇଥିଲେ। କାରଣ ତାଙ୍କ ପାଇଁ ପିଲାମାନଙ୍କ ବିବାହ ଅଧିକ ଗୁରୁତ୍ୱ ରଖୁଥିଲା ସେଥିରେ ଖର୍ଚ୍ଚର ପରିମାଣ ନୁହେଁ। ଦୁଇ ପରିବାରର ସମ୍ମତିରେ ବିନା ଜାକଜମକରେ ବେଦ୍ ରୋଡ ଠାରେ ଥିବା ଏକ କମ୍ୟୁନିଟି ହଲ୍‌ରେ ଆୟୋଜିତ ହୋଇଥିଲା ବିବାହ। ସେଥିରେ କନ୍ୟାପକ୍ଷରୁ ପ୍ରାୟ ୫୦ ଜଣ ଓ ବର ପକ୍ଷରୁ ପ୍ରାୟ ୧୨୫ ରୁ ୧୫୦ ଜଣ ନିମନ୍ତ୍ରିତ ଅତିଥି ଯୋଗ ଦେଇଥିଲେ। ସମସ୍ତ ଅତିଥିଙ୍କୁ ଭୋଜିରେ ଦିଆଯାଇଥିଲା ଗୋଟିଏ ଗ୍ଲାସ ପାଣି ଓ କପେ ଚା। ଏପରି ବିବାହରେ ଅତିଥି ମାନେ ମଧ୍ୟ ପୂର୍ଣ୍ଣ ସମର୍ଥନ ଜଣାଇଥିଲେ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଦକ୍ଷା ଓ ଭାରତଙ୍କ ଏହି ବିବାହକୁ ପ୍ରଶଂସା କରିଛନ୍ତି। ମନ୍ କୀ ବାତ୍ କାର୍ଯ୍ୟକ୍ରମରେ ସେ କହିଛନ୍ତି ମୁଁ ଚାଏ ପେ ଚର୍ଚ୍ଚା ଆରମ୍ଭ କରିଥିଲି କିନ୍ତୁ ଏହି ଚା ଏବେ ବିବାହ ମଣ୍ଡପରେ ପହଞ୍ଚି ଗଲାଣି ଜାଣି ଖୁସି ଲାଗୁଛି।

## ଲାଭଦାୟକ ଓ୍ୱେବ୍‌ସାଇଟ୍



ଅନ୍‌ଲାଇନ୍ ସପିଂର ମଜା ଯିଏ କରିଛି ସିଏ ଜାଣିଛି । ଗୋଟିଏ କ୍ଲିକ୍‌ରେ ଜିନିଷ ପାଖରେ ଆସି ହାଜର ହୋଇଯାଏ । ନା ମୁଲେଇ କରିବାକୁ ପଡ଼ିଥାଏ ନା ଘଣ୍ଟା ଘଣ୍ଟା ଅପେକ୍ଷା କରିବାକୁ ପଡ଼ିଥାଏ । କଥାରେ କହନ୍ତି ବାପାମା'ଙ୍କୁ ଛାଡ଼ିଦେଇ ସବୁକିଛି ଇଣ୍ଟରନେଟ୍‌ରେ ଉପଲବ୍ଧ । କିନ୍ତୁ ଆଜି ଆପଣଙ୍କୁ ଆମେ ଏପରି ଏକ ଓ୍ୱେବ୍‌ସାଇଟ୍ ବିଷୟରେ ଜଣାଇବୁ ଯେଉଁଥିରୁ ଆପଣ ଯାହା ଚାହିଁବେ ତାହା କିଣିପାରିବେ । ଜାପାନର ଏକ ଓ୍ୱେବ୍‌ସାଇଟ୍ ନ୍ତରେଣ୍ଟଏବାଇଫଅଟୋବା ଡଟ୍ କମ୍'ରେ ଆପଣଙ୍କୁ ଅନ୍ତଃବସ୍ତ୍ରଠାରୁ ଆରମ୍ଭ କରି ମା-ବାପା, ପତି-ପତ୍ନୀ ଏବଂ ପିଲା ମଧ୍ୟ ଭଡ଼ାରେ ମିଳିଥାନ୍ତି । ବର୍ତ୍ତମାନ ଜାପାନରେ ଏହି ଓ୍ୱେବ୍‌ସାଇଟ୍ ଅନେକ ଲୋକପ୍ରିୟ ହୋଇଗଲାଣି । ଏହି ଓ୍ୱେବ୍‌ସାଇଟ୍‌ଟି ଗ୍ରାହକମାନଙ୍କୁ ସମସ୍ତ ପ୍ରକାରର ସୁବିଧା ଯୋଗାଇବା ପାଇଁ ଗ୍ରାହକମାନଙ୍କଠାରୁ ମୋଟା ପରିମାଣର ଅର୍ଥ ନେଇଥାଏ । ଜାଣିରଖନ୍ତୁ ଏହି ଓ୍ୱେବ୍ ସାଇଟ୍‌ରେ କ'ଣ ସବୁ ମିଳୁଛି ? ଯଦି ଆପଣ ଏକଲା ଅଛନ୍ତି ତେବେ ଏହି ଓ୍ୱେବ୍‌ସାଇଟ୍‌ଟି ଆପଣଙ୍କ ଏକୁଟିଆପଣ ଦୂର କରିବା ପାଇଁ ଗ୍ରାହକଙ୍କ ଇଚ୍ଛା ମୁତାବକ ପୁରୁଷ କିମ୍ବା ସ୍ତ୍ରୀ ବନ୍ଧୁ ମଧ୍ୟ ଉପଲବ୍ଧ କରେଇଥାଏ । ଏଠାରେ ଆପଣଙ୍କୁ ଭଲ ପାଉଥିବା ମାତା-ପିତା ମଧ୍ୟ ମିଳିଥାନ୍ତି । ଏହା ବ୍ୟତୀତ ଏହା ଏପରି ଏକମାତ୍ର ଓ୍ୱେବ୍‌ସାଇଟ୍ ଯାହା ଅନ୍ତଃବସ୍ତ୍ରକୁ ଭଡ଼ାରେ ଦେଇଥାଏ । ଯଦି ଆପଣ ଆପଣଙ୍କର ବୋରିଂନେସ୍‌କୁ ଦୂର କରିବାକୁ ଚାହୁଁଛନ୍ତି ତେବେ ଆବଶ୍ୟକ ହେଲେ ଏକ ଛୋଟ ସୁନ୍ଦର ଶିଶୁ ସହିତ ମଧ ସମୟ ଅତିବାହିତ କରିପାରିବେ । ଯଦି ଆପଣଙ୍କ ପାଖରେ ସମୟ ନାହିଁ କିମ୍ବା ଆପଣ ପିଲାଙ୍କ ସ୍କୁଲ ଘରପାଠ କରିବାରେ ସାହାଯ୍ୟ କରି ପାରୁନାହାନ୍ତି ତେବେ ଏହି ଓ୍ୱେବ୍‌ସାଇଟଟି ଆପଣଙ୍କ ପାଇଁ ଏପରି ଏକ ବ୍ୟକ୍ତି ଠିକ୍ କରିଦେବେ ଯିଏ ଆପଣଙ୍କ ପିଲାର ଘରପାଠ କରିବାରେ ମଧ ସାହାଯ୍ୟ କରିବ ।

## ଆଜିର ଭାଗ୍ୟ

**ମେଷ** – କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

**ବୃଷ** – କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**ମିଥୁନ** – କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**କର୍କଟ** – ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ସିଂହ** – ଇଚ୍ଛା ନଥିଲେ ମଧ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**କନ୍ୟା** – ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ଥି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ତୁଳା** – ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ବିଛା** – ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**ଧନୁ** – ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ମକର** – ଯେତେ ତ୍ୟାଗ ସ୍ୱିକାର କଲେ ମଧ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**କୁମ୍ଭ** – କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**ମୀନ** – ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

## ମୃତ୍ୟୁକୁ ନେଇ ଆତଙ୍କ



ଭୟଙ୍କର ଗାଁ ନାମ ଶୁଣିବା କ୍ଷଣି ମନରେ ଅନେକ ପ୍ରଶ୍ନ ଉଙ୍କି ମାରେ । କ'ଣ ପାଇଁ ଗାଁର ଏପରି ବିଚିତ୍ର ନାମ ରହିଛି ? ଏହା ପଛରେ ରହସ୍ୟ କ'ଣ ଜାଣିବାକୁ ମଧ ଜିଜ୍ଞାସା ଯାତ ହୋଇଥାଏ । ପଞ୍ଚାପୁରର ବଡଗାଁ ଭୟଙ୍କର ଗ୍ରାମ ଭାବେ ପ୍ରସିଦ୍ଧ । ଏହି ଗ୍ରାମରେ ଆଜିକୁ ୨୨ ବର୍ଷ ତଳେ ଜଣେ ବ୍ୟକ୍ତିର ମୃତୁ ଘଟିଥିଲା । ବାଶ୍ ତା' ପରେ ବିଗତ ୨୨ ବର୍ଷର ଠାରୁ ପ୍ରତି ଦଶ ଦିନ ଅନ୍ତରରେ ପ୍ରତ୍ୟେକଙ୍କ ଘରୁ ଜଣେ ଲେଖାଏଁ ସଦସ୍ୟଙ୍କର ମୃତ୍ୟୁ ହେବାରେ ଲାଗିଛି । ଗ୍ରାମବାସୀମାନେ କେବଳ ଚିନ୍ତାରେ ରହିଥାନ୍ତି ଯେ, କାହାର ମୃତ୍ୟୁ ଘଟିଲା ଏବଂ ଏବେ ଆଉ କାହାର ପାଳି ପଡିବ । ଏହାକୁ ଗ୍ରାମବାସୀଙ୍କ ଦୁର୍ଭାଗ୍ୟ କୁହାଯିବ ନା ଅନ୍ଧବିଶ୍ୱାସ ନା ଆଉ କିଛି ? ବରିଷ୍ଠ ବ୍ୟକ୍ତି, ଡାକ୍ତର ଓ ଶିକ୍ଷକ ଏସବୁ ବିଶ୍ୱାସ କରିବାକୁ ବାଧ୍ୟ । କିଛି ରୋଗ ନଥାଇ ଆଖି ସାମନାରେ ଭଲ ଲୋକଙ୍କର ଏଠାରେ ମୃତ୍ୟୁ ହେବାରେ ଲାଗିଛି ।




# ତୁ' ମୋତେ ନ ଖା', ମୁଁ ତୋତେ ନଖାଏ

ଆମେ ଯେତେ ଯେତେ ନିଶା ଖାଉ, ତା ମଧ୍ୟରେ ଧୂମପାନ ଅନ୍ୟତମ। ଧୂମପାନ ତମାଖୁ ସେବନର ଅନ୍ତର୍ଗତ। ସିଗାରେଟ୍, ବିଡ଼ି ଏବଂ ପିକା ଇତ୍ୟାଦି ସମାଜର ଅଶେଷ କ୍ଷତି କରୁଥିଲେ ହେଁ; ଏହାକୁ ନିଷେଧ କରିବାରେ ସେମିତି କିଛି ଆଖିଦୃଶିଆ କଡ଼ା ଆଇନ୍ ନାହିଁ। ତମାଖୁ ସେବନ ଏବଂ ଧୂମପାନ କାରଣରୁ ଅଧୁନା ପୃଥିବୀରେ ପ୍ରତି ଦଶ ସେକେଣ୍ଡରେ ଜଣେ ମରୁଛନ୍ତି। ଆଶା କରାଯାଏ ଯେ, ଏହାର ବହୁଳ ବ୍ୟବହାର ଉପରେ ଲଗାମ ନଲଗାଇଲେ ଅଥବା ଏହାକୁ ସଂପୂର୍ଣ୍ଣ ବାରଣ ନକଲେ, ପ୍ରତି ସେକେଣ୍ଡରେ ଜଣେ ଲେଖାଏଁ ମରିବା ସୁନିଶ୍ଚିତ। ଆମ ଭାରତରେ ତମାଖୁ ସେବନଜନିତ ସଂଖ୍ୟା ଏବେ ୧୨କୋଟିରୁ ଊର୍ଦ୍ଧ୍ୱ ଏବଂ ଏଥିରେ ପ୍ରତିବର୍ଷ ମରନ୍ତି ପ୍ରାୟ ନଅକୋଟି। ଏକ ସ୍ୱାସ୍ଥ୍ୟ ସୂଚନାରୁ ଜଣାପଡ଼ିଛି ଯେ, ଭାରତର ୬୦ଲକ୍ଷ ହୃଦ୍‌ରୋଗୀଙ୍କ ମଧ୍ୟରୁ ୩୦ଲକ୍ଷ ହୃଦ୍‌ରୋଗୀ ହେଉଛନ୍ତି ତମାଖୁ ବା ଧୂମପାନ ସେବନଜନିତ ରୋଗୀ। ଭାରତରେ ଥିବା କର୍କଟ ରୋଗୀଙ୍କ ମଧ୍ୟରେ ୯୦% ତମାଖୁ ସେବନଜନିତ କର୍କଟ ରୋଗୀ, ମୁଖଗହ୍ୱର କର୍କଟ ରୋଗର ମୁଖ୍ୟ କାରଣ। ଯଦି ସତର୍କତା ଅବଲମ୍ବନ କରାନଯାଏ ତେବେ ନିକଟ ଭବିଷ୍ୟତରେ ଏହା ଆଶାତୀତ ଭାବେ ବୃଦ୍ଧି ପାଇବ। ତମାଖୁରେ ୭୦୦୦ ପ୍ରକାର ରାସାୟନିକ ପଦାର୍ଥ ଅଛି ଯାହା ମଧ୍ୟରୁ ଅଧିକାଂଶ ଉପାଦନ ପ୍ରବେଶ କରି ବିଭିନ୍ନ ରୋଗର କାରଣ ହୋଇଥାଏ। ଏହା ଶରୀରକୁ ପ୍ରତ୍ୟକ୍ଷ ବା ପରୋକ୍ଷଭାବେ ପ୍ରଭାବିତ କରିବା ସହ କର୍କଟ, ହୃତ୍‌ପିଣ୍ଡ ସଂକ୍ରାନ୍ତୀୟରୋଗ, ଫୁସ୍‌ଫୁସ୍ ଜନିତ ରୋଗ ଏବଂ ହୃଦ୍‌ଘାତରେ କାରଣ ହୋଇଥାଏ। ଶୁଣି ଆଶ୍ଚର୍ଯ୍ୟ ହେବେ ଯେ, ବିଶ୍ୱର ସର୍ବାଧିକ ମୁଖ କର୍କଟ ରୋଗୀ ଭାରତରେ ହିଁ ଅଛନ୍ତି। ଏହାର ମୁଖ୍ୟ କାରଣ ସେହି ଧୂମପାନ ଏବଂ ତମାଖୁ ସେବନ। ଏବେ କଅଁଳ ବୟସର ପିଲାମାନେ ବିଶେଷକରି ୧୩-୧୫ ବର୍ଷର ପିଲାଏ ସର୍ବାଧିକ ଧୂମପାନ କରୁଛନ୍ତି। ଏହା ଏମିତି ଏକ ନିଶା, ଯାହା ଥରେ ମାତ୍ର ଅଭ୍ୟାସରତ ହୋଇଗଲେ, ସାରା ଜୀବନ ଛାଡ଼ି ହୁଏନାହିଁ ଏବଂ ତାହା ତୁମକୁ ଗୋଡ଼ାଇ ଗୋଡ଼ାଇ ଖାଏ।

ଗବେଷଣାରୁ ଜଣାପଡ଼ିଛି ଯେ, ପ୍ରତିଟି ସିଗାରେଟ୍ ସେବନ ଦ୍ୱାରା ମଣିଷର ଆୟୁ ୫ମିନିଟ୍ କମିଯାଏ। ଖଣ୍ଡିଏ ହୁକା ଟାଣିଲେ ୧୧ମିନିଟ୍ ଆୟୁ କମେ ଯାହାକି ୨୦ଟି ବିଡ଼ି ଟଣା ସହିତ ସମାନ। ଏହା ଏଥି ନୁହେଁ ବିଡ଼ିରେ କମ୍ ନିକୋଟିନ୍ ଅଛି ବୋଲି ତାକୁ ଖାଇବା। ଆମେ ମନେରଖିବା ଉଚିତ୍ ଯେ ପ୍ରାଣଘାତୀ ଆକ୍ରମଣ ପାଇଁ ଗୋଟାଏ ବିଷପାନ ଯେପରି, ସେମିତି ବିଡ଼ି ଓ ସିଗାରେଟ୍ ଖାଉଥିବା ଲୋକଙ୍କର କଥା। ବିଡ଼ି ବା ସିଗାରେଟ୍ ଅଭ୍ୟାସ କରୁଥିବା ଲୋକଙ୍କର ଆୟୁଷରେ ୬ରୁ ୧୦ ବର୍ଷ ପୂର୍ବରୁ ମୃତ୍ୟୁବରଣ ହୋଇଥାଏ।

ଏବେ ତ ଉଭୟ ପୁରୁଷ ଏବଂ ମହିଳାମାନେ ତମାଖୁ ସହିତ ଧୂମପାନ କରୁଛନ୍ତି। ଆମ ଭାରତରେ ଏହିପରି ପୁରୁଷ ସେବନକାରୀ ସଂଖ୍ୟା ୫୬.୪% ଏବଂ ନାରୀମାନଙ୍କ ସଂଖ୍ୟା ୪୪.୬%। ଆମ ଦେଶରେ ଏକ ତୃତୀୟାଂଶ ଜନସଂଖ୍ୟା ଏଥିରେ ଅଭ୍ୟସ୍ତ।

ବିଶ୍ୱ ତମାଖୁ ସର୍ବେକ୍ଷଣ ୨୦୧୦ ଅନୁସାରେ ଯୁବକମାନଙ୍କର ୫୨% ଘରେ, କର୍ମକ୍ଷେତ୍ରରେ ୩୦% ଏବଂ ଜନତା ପରିବହନରେ ୧୭.୫% ତମାଖୁ ସେବନ ପ୍ରତି ଉନ୍ମୁକ୍ତ ଅଟନ୍ତି। ଉଲ୍ଲେଖଯୋଗ୍ୟ ଯେ ଯେଉଁମାନେ ଏହାକୁ ସେବନ କରନ୍ତି, ସେମାନେ ତ ଏହାର ଶିକାର ହୁଅନ୍ତି, ତାଙ୍କ ସହିତ ବା ତାଙ୍କ ସଂସ୍ପର୍ଶରେ ଆସୁଥିବା ବ୍ୟକ୍ତି, ଗର୍ଭବତୀ ମହିଳା ଓ ଶିଶୁ ଯେଉଁମାନେ ଅଣଧୂମପାନକାରୀ, ସେମାନେ ଘରେ ବା' କର୍ମକ୍ଷେତ୍ରରେ ଯେଉଁଠି ଥାଆନ୍ତି, ୨୫.୩୦% ହୃଦରୋଗ ଏବଂ ୨୦-୩୦% ଫୁସ୍‌ଫୁସ୍‌ଜନିତ ରୋଗରେ ଆକ୍ରାନ୍ତ ହୁଅନ୍ତି। ଅନ୍ତଃରାଷ୍ଟ୍ରୀୟ ଗବେଷଣାରୁ (ଏସ୍.ଏଚ୍.ଏସ୍) ଏହା ମଣିଷ ପାଇଁ ପଦାଙ୍କିତ କାରଣ ହୋଇଛି। ଏସ୍.ଏଚ୍.ଏସ୍‌ରେ ୭୦୦୦ ବିଷାକ୍ତ ରାସାୟନିକ ମଧ୍ୟରୁ ୬୯ ଗୋଟି କର୍କଟ ରୋଗର କାରଣ। ନିକଟରେ ଏକ ସର୍ବେକ୍ଷଣରୁ ଜଣାଯାଇଛି ଯେ, ତମାଖୁ ସେବନ କାରଣରୁ ଆମେରିକାରେ ପ୍ରତିବର୍ଷ ପ୍ରାୟ ପାଞ୍ଚଲକ୍ଷ ଲୋକ କ୍ୟାନ୍‌ସରର ଶିକାର ହୋଇଥାଆନ୍ତି । ଆମେରିକାର ରୋଗ ନିୟନ୍ତ୍ରଣ ଓ ମୁକାବିଲା କେନ୍ଦ୍ର (ସିଡ଼ିସି)ର ତଥ୍ୟାନୁଯାୟୀ କ୍ୟାନ୍‌ସର ଅର୍ଦ୍ଧାଧିକ ମାମଲା ଫୁସ୍‌ଫୁସ୍ ଓ ଶ୍ୱାସନଳୀ ସମ୍ବନ୍ଧିତ। ଏତଦ୍‌ଭିନ୍ନ ମୁହଁ, ପେଟ ଓ କିଡ଼୍‌ନୀ କ୍ୟାନସର ହେବାର ସମ୍ଭାବନା ମଧ୍ୟ ତମାଖୁ ସେବନରୁ ବୋଲି ସତର୍କ କରାଯାଇଛି। ଦେଶର ଆର୍ଥିକ କ୍ଷେତ୍ରରେ ଏହାର ପ୍ରଭାବ ମଧ୍ୟ ବେଶ୍ କ୍ଷତିକାରକ; ପାଖାପାଖି ୧୬୭ ଶହ କୋଟି ଡଲାର।

ଏସ୍.ଏଚ୍.ଏସ୍ ପ୍ରତି ଉନ୍ମୁକ୍ତ ପିଲାମାନେ ହଠାତ୍ ପ୍ରାଥମିକ ଲକ୍ଷଣ ସହ (ଏସ୍.ଆଇ.ଡ଼ି.ଏସ୍) ତୀବ୍ର ଶ୍ୱାସ, କର୍ଣ୍ଣ ସମସ୍ୟା, ଶ୍ୱାସନଳୀ ପ୍ରଦାହ ଏବଂ ଅତିଶୟ ଆଜମା ନିମନ୍ତେ ବର୍ଦ୍ଧିତ ବିପଦରେ ଥାଆନ୍ତି। ଏସ୍.ଏଚ୍.ଏସ୍ ପ୍ରତି ଯୁବକମାନଙ୍କର ଉନ୍ମୁକ୍ତ, ହୃତପିଣ୍ଡ ଓ ଧମନୀ ରୋଗ, କୋରୋନେରୀ ହୃଦୟ ରୋଗ ଏବଂ ବାୟୁ ଫୁସ୍ ଫୁସ୍ କର୍କଟର କାରଣ ହୋଇଥାଏ।

୨ ଅକ୍ଟୋବର ୨୦୦୮ରେ ଭାରତ ସରକାର ସର୍ବସାଧାରଣ ସ୍ଥାନରେ "ଧୂମପାନ ନିଷେଧ" ଉପରେ ସଂଶୋଧିତ ଆଇନ୍ ଲାଗୁ କରିଛନ୍ତି। ଏହା ଏକ ଦଣ୍ଡନୀୟ ଅପରାଧ ବୋଲି ଘୋଷଣା କରିଛନ୍ତି। ସର୍ବସାଧାରଣ ସ୍ଥାନରେ ଧୂମପାନ କରୁଥିବା ବ୍ୟକ୍ତିଙ୍କୁ ୨୦୦ଟଙ୍କା ଜୋରିମନା ଦେବାର ନିୟମ ଥିଲା। ଏହାକୁ ଧରାଇଦେବାରେ ସ୍ୱାସ୍ଥ୍ୟ ଓ ଗୃହ ବିଭାଗ ତରଫରୁ କର୍ମଚାରୀମାନଙ୍କୁ ନେଇ ସ୍ୱେଚ୍ଛାସେବୀ ସଂଗଠନ ମାଧ୍ୟମରେ ବ୍ୟବସ୍ଥା ଅଛି। ସରକାରୀ କର୍ମଚାରୀ ତାଙ୍କ କାର୍ଯ୍ୟାଳୟରେ ଧୂମପାନ କଲେ ୫୦୦ଟଙ୍କା ଏବଂ ଦୁଇଜଣ ମିଶି ଧୂମପାନ କଲେ ୧୦ ହଜାର ଟଙ୍କାର ଜୋରିମାନା କଥା ବି ଅଛି।

ଏସବୁ ସତ୍ତ୍ୱେ ଧୂମପାନକାରୀଙ୍କ ସଂଖ୍ୟା ବଢ଼ି ରହିଛି। ଆଇନ୍ ତା' ପୋଥି ଭିତରେ ନୀରବ। କର୍ମୀଙ୍କ କଥା ଛାଡ଼। ମଦ କୁହେ; ତୁମେମାନେ ମୋତେ ଖାଉନ, ମୁଁ ତୁମକୁ ଖାଉଛି। ଏବେ ଧୂମପାନ କଥା ସେୟା, ଆମେ କ'ଣ କହିବା ଯେ ଧୂମପାନ ଆମକୁ ଖାଉ!

ଧୂମପାନ ନିଷେଧ ପାଇଁ ଆମ ଜାତୀୟ ସରକାର ନାନାବିଧ ପଦକ୍ଷେପ ନେଇଛନ୍ତି। ସିଗାରେଟ୍ ଟାଣିବା ଓ ତମାଖୁ ଚୋବାଇବାରେ କଡ଼ା କଟକଣା ଜାରିକରିବାରେ ସ୍ୱାସ୍ଥ୍ୟ ମନ୍ତ୍ରଣାଳୟ ତରଫରୁ ଏକ କମିଟି ଗଠନ କରାଯାଇଥିଲା। ଗତ ସେପ୍ଟେମ୍ବର ୨୦୨୪ରେ କମିଟି ତାଙ୍କ ସୁପାରିଶ ଦେଇଛନ୍ତି। ଏହା ଏକ ସ୍ୱର୍ଣ୍ଣକାତର ବିଷୟ ହେତୁ ଆଗାମୀ ଶୀତକାଳୀନ ଅଧିବେଶନରେ ସଂସଦରେ ପାରିତ ହୋଇ ନିୟମରେ ପରିଣତ ହେବାର ଅଛି। ଏହା ଯଦି ହୁଏ, ତେବେ ପୂର୍ବ ଆଇନର ସଂଶୋଧିତ ରୂପରେ ସର୍ବସାଧାରଣ ସ୍ଥାନରେ ଧୂମପାନ କଲେ ପୂର୍ବ ପ୍ରଚଳିତ ୨୦୦ ଟଙ୍କା ପରିବର୍ତ୍ତେ ଏହା ୨୦ ହଜାର ଟଙ୍କା ଜୋରିମନା ହେବ। ସିଗାରେଟ୍‌ର ବ୍ୟବହାର ରୋକିବା ଏବଂ ହ୍ରାସ ପାଇଁ ଏଣିକି ପ୍ୟାକେଟ୍‌ରୁ ଖୋଲି କେହି ଖୁଚୁରା ବିକିପାରିବେ ନାହିଁ। କାରଣ ଖୋଲା ସିଗାରେଟ୍ ପାନ ବିଡ଼ି ସିଗାରେଟ୍ ଦୋକାନରେ ଅଧିକ ବିକ୍ରି ହୋଇଥାଏ। ତେବେ ପ୍ୟାକେଟ୍ ବିକ୍ରି ଉପରେ ବି ପ୍ରଶ୍ନବାଚୀ ଅଛି। ପ୍ୟାକେଟ୍‌ଟିଏ ପାଖରେ ଥିଲେ ଅଧିକ ପିଇବାକୁ ଇଚ୍ଛା ହୁଏ। ପୁନଶ୍ଚ କଂପାନୀମାନଙ୍କୁ ସତର୍କ କରାଇ କୁହାଯାଇଛି ଯେ ସେମାନେ ପ୍ୟାକେଟ୍ ଉପରେ ୮୦% ସ୍ଥାନରେ ବୈଧାନିକ ସତର୍କତାସ୍ୱରୂପ ଫଟୋ ସହିତ ଚେତାବନୀକୁ ଦୃଶ୍ୟମାନ ବଡ଼ ଆକାରରେ ସ୍ଥାନିତ କରିବେ। ପୂର୍ବରୁ ଏହାକୁ ଖିଲାଫ କଲେ ୫୦୦୦ ଟଙ୍କା ଜୋରିମନା ଦେବାକୁ ଥିଲା। ଏବେ ଏହାକୁ ୫୦ ହଜାର ଟଙ୍କାକୁ ବୃଦ୍ଧି କରାଯାଇଛି। ଖାଲି ସେତିକି ନୁହେଁ, ତମାଖୁ ସେବନ ନିମନ୍ତେ ସର୍ବନିମ୍ନ ବୟସ୍ ୧୮ରୁ ୨୫କୁ ବୃଦ୍ଧି କରାଯାଇଛି। ଏହା କେତେଦୂର କାର୍ଯ୍ୟକାରୀ ହେବ, ତାହା କେବଳ ଦେଖିବାକୁ ବାକି ରହିଲା।

ପ୍ରତିବର୍ଷ ୧୧ ଅକ୍ଟୋବରକୁ ଧୂମପାନ ନିଷେଧ ଦିବସ ରୂପେ ପାଳନ କରିବାକୁ ଘୋଷଣା କରାଯାଇଛି। ଏହା ମାଧ୍ୟମରେ ଛାତ୍ରଛାତ୍ରୀ, ଶିକ୍ଷକ, ବୁଦ୍ଧିଜିବୀ ଏବଂ ସର୍ବସାଧାରଣଙ୍କ ମଧ୍ୟରେ ସଚେତନତା ସୃଷ୍ଟି କରାଇ ଧୂମପାନ ସେବନରୁ ନିବୃତ୍ତ କରାଇବାକୁ ପ୍ରବର୍ତ୍ତାଯାଉଛି।

ଧୂମପାନ କେବଳ ଆମ ରୋଗର ଏକ ମାରାତ୍ମକ କାରଣ ନୁହେଁ। ଏହା ଏକ ନିହାତି ଅସଭ୍ୟତା ଏବଂ ଅଭଦ୍ରତା। ଏ ନେଇ ଗାନ୍ଧି କହିଛନ୍ତି- ***"ଯେବେଠାରୁ ମୁଁ ବଡ଼ ହୋଇଛି, ମୁଁ କେବେବି ଧୂମପାନ କରିବାକୁ ଇଚ୍ଛା କରିନାହିଁ ଏବଂ ସର୍ବଦା ଧୂମପାନ ଅଭ୍ୟାସକୁ ଅସଭ୍ୟ, ଘୃଣ୍ୟ ଓ କ୍ଷତିକାରକ ବୋଲି ବିବେଚନା କରିଛି। ମୁଁ କେବେବି ବୁଝିପାରିନାହିଁ ଯେ ସମଗ୍ର ବିଶ୍ୱରେ ଧୂମପାନ ପାଇଁ ଏତେ ଆବେଗ କାହିଁକି? ଧୂମପାନ କରୁଥିବା ଲୋକମାନଙ୍କ ଦ୍ୱାରା ପୂର୍ଣ୍ଣ ହୋଇଥିବା ଏକ ରେଳଡ଼ବାରେ ବସିବାକୁ ମୁଁ ସହ୍ୟ କରିପାରିବି ନାହିଁ। -ସତ୍ୟ ସହିତ ମୋ ପରୀକ୍ଷା।"***

# କାଥୋଲିକ ଓ ପ୍ରୋଟେଷ୍ଟାଣ୍ଟ ବିବାଦ

ଆମ ଦେଶର ଜାତିଗତ ବିବାଦ ସଂପର୍କୀୟ ଘଟଣା ସବୁବେଳେ ଆମେ ବହୁଳ ଭାବରେ ଆଲୋଚନା କରି ସେ ସମୟର ନିର୍ଯାତନା ପାଇଁ ଏବେ ମଧ୍ୟ କିଛି ନିର୍ଦ୍ଦିଷ୍ଟ ଜାତି ବା ସଂପ୍ରଦାୟଙ୍କୁ ଦାୟୀ କରି ନିନ୍ଦା ଓ ଭତ୍ସନା ଜାରି ରଖିଛୁ। ପ୍ରତିଦିନ ମନୁଙ୍କ ସପ୍ତପୁରୁଷକୁ ଶ୍ରାଦ୍ଧ କରାଯାଉଛି। ବ୍ରାହ୍ମଣମାନଙ୍କ ମୁହଁରେ କଳା ବୋଳାଯାଉଛି। ଆମ ଦେଶରେ ଜାତିଗତ ବିଭେଦ ପାଇଁ କେବେ ରକ୍ତପାତ ହୋଇ ନଥିଲା। ସମୟ ଅନୁଯାୟୀ ଲୋକମାନେ ଅତୀତକୁ ଭୁଲି ସଂହତିର ଜୀବନ କଟାଇଲା ବେଳକୁ ଆମ ନେତାମାନେ ଲୋକମାନଙ୍କୁ ଶାନ୍ତିରେ ରଖାଇ ଦେଉନାହାନ୍ତି। ଦଳିତ, ଅନୁସୂଚିତ ବୋଲି ଅନେକ ଶବ୍ଦ ସୃଷ୍ଟି କରି ସବୁବେଳେ ଅତୀତକୁ ଉଖୁରାଉଛନ୍ତି। ନାନାପ୍ରକାର ସଂରକ୍ଷଣରେ ଦେଶକୁ ଶତ ବିଭକ୍ତ କରି ନିଜର ଭୋଟବ୍ୟାଙ୍କ ସୃଷ୍ଟି କରି ଚାଲିଛନ୍ତି।

ମଧ୍ୟଯୁଗରେ ଖାଲି ଭାରତ ନୁହେଁ, ପୃଥିବୀର ସବୁଆଡେ ଭୟଙ୍କର ଧର୍ମଗତ ବିଭେଦ ଲାଗିଥିଲା। ଯେଉଁ ୟୁରୋପୀୟମାନେ ଆଜି ସାହେବ ହୋଇଛନ୍ତି, କ୍ରୀତଦାସ ପ୍ରଥା ଭଳି ଜଘନ୍ୟ ପ୍ରଥାକୁ ଶହ ଶହ ବର୍ଷ ବଂଚ-ାଇ ରଖିଥିଲେ। ମଣିଷକୁ ପଶୁଠାରୁ ଆହୁରି ହୀନ କରିଥିଲେ। ଖ୍ରୀଷ୍ଟଆନମାନେ ସେମାନଙ୍କର ଜାତିଭେଦ ନାହିଁ କହି ଆମକୁ ଘୃଣା କରନ୍ତି, ସେମାନଙ୍କର କାଥୋଲିକ ଓ ପୋଟେଷ୍ଟାଣ୍ଟମାନଙ୍କ ମଧ୍ୟରେ ବିବାଦ ହୋଇ ଶହ ଶହ ଜିଅନ୍ତା ମଣିଷକୁ କିପରି ପୋଡି ମାରୁଥିଲେ, ତାହାର ସାକ୍ଷୀ ଇତିହାସ ହିଁ ରହିଛି।

ପ୍ରଥମ ଖ୍ରୀଷ୍ଟାବ୍ଦସରେ ପ୍ରାଚୀନ ଇସ୍ରାଏଲ ଭୂମି (ଜୁଡାଇ)ର ଜେସସ କ୍ରାଏଷ୍ଟ ଖ୍ରୀଷ୍ଟଧର୍ମ ପ୍ରଚାର କରିଥିଲେ। ଏକ ନୂତନ ଧର୍ମ ଆଗମନରେ ଆତଙ୍କିତ ହୋଇ ସେଠାର ମୂଳ ଅଧିବାସୀ ଇହୁଦୀମାନଙ୍କର ପୂଜକ ମାନେ ରୋମାନ ଶାସକ ହିରୋଡଙ୍କ ଆଗରେ ଯୀଶୁଙ୍କ ବିରୁଦ୍ଧରେ ଆରୋପ ଆଣି ତାଙ୍କୁ କ୍ରୁସ ବିଦ୍ଧ କରାଇ ହତ୍ୟା କରିଥିଲେ। ସେତେବେଳେ ଧର୍ମରେ ନୂଆ ଚିନ୍ତାଧାରାକୁ ପ୍ରାଣଦଣ୍ଡ ଦେଇ ଦବାଇ ଦିଆଯାଉଥିଲା। ପରେ ପଲ, ପିଟର ଭଳି ଶିଷ୍ୟମାନେ ଆତ୍ମବଳି ଦେଇ ଏହାର ପ୍ରଚାର କରିଥିଲେ। ନୂତନ ଧର୍ମାବଲମ୍ବୀମାନେ ନାନା ନିର୍ଯାତନାର ଶିକାର ହେଲେ। ତୃତୀୟ ଶତାବ୍ଦୀରେ ରୋମ ସମ୍ରାଟ କନଷ୍ଟାଣ୍ଟାଇନ ରୋମର ରାଜଧର୍ମ ରୂପେ ଖ୍ରୀଷ୍ଟଧର୍ମ କୁ ଗ୍ରହଣ କରିବାରୁ ଏହା ସାରା ରୋମ ସାମ୍ରାଜ୍ୟରେ ବ୍ୟାପିଗଲା। ଚର୍ଚ୍ଚମାନ ପ୍ରତିଷ୍ଠା କରାଗଲା। ରୋମର ବିଶପଙ୍କୁ ପୋପ କୁହାଗଲା। ଧର୍ମକୁ ରୋମାନ କାଥୋଲିକ (Universal) ଧର୍ମ ନାମ ଦିଆଗଲା। ଖ୍ରୀଷ୍ଟ ଧର୍ମର ଧର୍ମଗ୍ରନ୍ଥ ବାଇବେଲ ଲାଟିନ ଭାଷାରେ ଲେଖା ଥିଲା। ପ୍ରତି ରବିବାର ଦିନ ଚର୍ଚ୍ଚକୁ ଯିବା ବାଧ୍ୟତାମୂଳକ ଥିଲା। ମଣିଷର ବ୍ୟକ୍ତିଗତ ଜୀବନକୁ ଚର୍ଚ୍ଚ ନିୟନ୍ତ୍ରଣ କଲା। ୟୁରୋପର ଏକ ତୃତୀୟାଂଶ ଜମି ଚର୍ଚ୍ଚ ଅଧୀନରେ ଥିଲା। ପୋପ ଖ୍ରୀଷ୍ଟିଆନ ଜଗତର ସର୍ବୋଚ୍ଚ ଧର୍ମଗୁରୁ ହେଲେ। ବିସପ, କାର୍ଡିନାଲ, ପ୍ରିଷ୍ଟ ମାଧ୍ୟମରେ ସାଧାରଣ ଲୋକମାନେ ଈଶ୍ୱରଙ୍କ ଉପଲବ୍ଧି କରୁଥିଲେ। ଅନୁତାପ, କନଫେସନ, ବାପ୍ଟିଜିମ ଓ ସତକାମ ଏହି ଧର୍ମର ମୂଳମନ୍ତ୍ର ଥିଲା। ପୋପ ସମସ୍ତ ଖ୍ରୀଷ୍ଟିଆନ ଜଗତର ସର୍ବୋଚ୍ଚ ଗୁରୁ ଥିଲେ। ସେ ବିସପ, କାର୍ଡିନାଲମାନଙ୍କୁ ନିଯୁକ୍ତି ଦେଉଥିଲେ। ପାପାଲ କିଙ୍ଗଡମ ନାମରେ ରାଜ୍ୟର ଶାସକ ମଧ୍ୟ ଥିଲେ। ପ୍ରତ୍ୟେକ ଶାସକ ନିଜ ଅଭିଷେକ, ବିବାହ ପାଇଁ ପୋପଙ୍କର ଅନୁମତି ନେଉଥିଲେ। କାଥୋଲିକ ଧର୍ମରେ କୌଣସି ଭିନ୍ନମତକୁ ଆଶ୍ରୟ ଦିଆଯାଉ ନ ଥିଲା। ନିଜର ନୂଆ ମତ (Heliocentrism,The Sun not Earth is in centre) ପାଇଁ ବୟସ୍କ ବୈଜ୍ଞାନିକ ଗାଲିଲିଓଙ୍କୁ ନାନା ଅପମାନ ଦିଆଗଲା (୧୫୩୪)। ସେ ମିଛୁଆ ଓ ଉଦଭ୍ରାନ୍ତ (Heratic) ବୋଲି ଘୋଷଣା କରାଗଲା। ସେ ଜୀବନଯାକ ଗୃହବନ୍ଦୀ ରହିଲେ। କବର ପାଇଁ ଯାଗା ଦିଆଗଲା ନାହିଁ। କାଳକ୍ରମେ ଅନେକ ଚିନ୍ତାଶୀଳ ବ୍ୟକ୍ତି ଧର୍ମର ସଂସ୍କାର ଚାହିଁଲେ। ସେମାନଙ୍କ ମଧ୍ୟରେ ଜର୍ମାନର ମାର୍ଟିନ ଲୁଥର ଓ କାଲଭିନ ପ୍ରଧାନ। ସେ ୯୫ ଥେସିସ ନାମରେ ଏକ ପୁସ୍ତକ ଲେଖି (୧୫୨୩) ପୋପଙ୍କ ଆଧିପତ୍ୟକୁ ପ୍ରୋଟେଷ୍ଟ କରିବାରୁ ତାଙ୍କ ଧର୍ମକୁ ପ୍ରୋଟେଷ୍ଟାଣ୍ଟ କୁହାଗଲା। ସେମାନେ ବାଇବେଲକୁ ସ୍ଥାନୀୟ ଭାଷାରେ ଛପାଇଲେ। ଈଶ୍ୱର ଓ ବ୍ୟକ୍ତି ମଧ୍ୟରେ ପ୍ରିଷ୍ଟର (ଚର୍ଚ୍ଚ) ମାଧ୍ୟମ ଦରକାର ନାହିଁ ବୋଲି କହିଲେ। ମଦର ମେରୀଙ୍କ ଈଶ୍ୱରତ୍ୱକୁ ମାନିଲେ ନାହିଁ। ଅନୁତାପ, ସତକର୍ମ ବଦଳରେ ଈଶ୍ୱରଙ୍କ ପ୍ରତି ବିଶ୍ୱାସକୁ ପ୍ରାଧାନ୍ୟ ଦେଲେ। ଦଣ୍ଡରୁ କ୍ଷମା ପାଇଁ ଚର୍ଚ୍ଚମାନେ ଅର୍ଥ ନେବାକୁ ବିରୋଧ କଲେ। ସେମାନେ ନିଜର ସ୍ୱତନ୍ତ୍ର ଚର୍ଚ୍ଚ (Redemption) ପ୍ରତିଷ୍ଠା କଲେ। ପ୍ରତ୍ୟେକ ଚର୍ଚ୍ଚ ସମାନ ବୋଲି ଘୋଷଣା କଲେ। ଏହାର ସାମନା ପାଇଁ ପୋପ ସଂସ୍କାର କାର୍ଯ୍ୟକାରୀ କଲେ (୧୫୨୭)। ଜର୍ମାନୀର ଶାସକମାନେ ଲୁଥରଙ୍କୁ ସମର୍ଥନ କଲେ। ଜର୍ମାନୀ ସେତେବେଳେ ପବିତ୍ର ରୋମାନ ସମାଜର ଅନ୍ତର୍ଗତ ଥିଲା, ଯେ କି ପୋପଙ୍କର ଦୃଢ଼ ସମର୍ଥକ ଥିଲେ। ଜର୍ମାନରେ ତିରିଶ ବର୍ଷ ଧରି ଯୁଦ୍ଧ ଚାଲିଲା। ଅନେକ ରାଜ୍ୟ ଧ୍ୱଂସ ହେଲା। କୁହାଯାଏ ଜର୍ମାନର ଏକ ତୃତିୟାଂଶ ଲୋକ ଏହି ଧର୍ମଯୁଦ୍ଧରେ ମରିଗଲେ। ଲାଟିନ ଆମେରିକା, ଇଟାଲି, ସ୍ପେନ୍, ପର୍ତ୍ତୁଗାଲ, ୨୩-ଇଷ୍ଟର୍ଣ୍ଣ ଅର୍ଥୋଡସ୍କ କାଥୋଲିକ ଧର୍ମର (୧.୨ ବିଲିଅନ) ସମର୍ଥକ ଥିଲେ। ଜର୍ମାନ, ଫ୍ରାନସ, ଆମେରିକା, ହଲାଣ୍ଡ ପ୍ରୋଟେଷ୍ଟାଣ୍ଟକୁ ଆପଣେଇଲେ (୮୦ ମିଲିଅନ)। ଏଥିନେଇ ଦେଶ-ଦେଶ ମଧ୍ୟରେ ଯୁଦ୍ଧ ଚାଲିଲା। ଇଂଲଣ୍ଡର ହେନେରି-୮ଙ୍କ ପୋପଙ୍କ ସହ ବିବାଦ ହେବାରୁ ସେ ନିଜ ଦେଶରେ କାଥୋଲିକ ଚର୍ଚ୍ଚମାନ ବନ୍ଦ କରାଇଦେଲେ। ଅତ୍ୟାଚାରରୁ ରକ୍ଷାପାଇବା ପାଇଁ ଅନେକ ଦେଶ ଛାଡିଲେ। ତାଙ୍କ କନ୍ୟା ମେରି ଶାସକ ହେଲାପରେ କାଥୋଲିକଙ୍କୁ ସମର୍ଥନ କଲେ। ପ୍ରୋଟେଷ୍ଟାଣ୍ଟ ମାନଙ୍କୁ ମୃତ୍ୟୁଦଣ୍ଡ ଦେଉଥିଲେ। ତାଙ୍କର ମାତ୍ର ୫ ବର୍ଷ ଶାସନ ମଧ୍ୟରେ ଆର୍କ ବିଶପ କାଉନବରି (କ୍ରାନମର)ଙ୍କ ସମେତ ୨୭୮ଜଣଙ୍କୁ ନିଆଁରେ ପୋଡି ମାରିଥିଲେ। ସେଥିପାଇଁ (Inquisition Law) ବୋଲି ଲୋକେ ଡାକିଲେ। ସ୍ପେନର ଜଣେ ପ୍ରୋଟେଷ୍ଟାଣ୍ଟ କେଟେନ ରିପିଲ (ଶିକ୍ଷକଙ୍କୁ) ଧର୍ମଯାଜକ ପ୍ରିସାଲିନଙ୍କୁ ପୋଡି ମାରିଦିଆଗଲା। ତାଙ୍କର ଅପରାଧ ହେଲା ସେ ଚର୍ଚ୍ଚରେ ପ୍ରାର୍ଥନା ନକରି ଘରେ ପ୍ରାର୍ଥନା କରାଉଥିଲେ। ଆୟରଲାଣ୍ଡରେ କାଥୋଲିକମାନଙ୍କୁ ୪୫ ଫୁଟ ବାଡ ଦିଆଯାଇ ନିଆରା ରଖାଗଲା। ଇଂଲଣ୍ଡରେ ଗୃହଯୁଦ୍ଧ ହୋଇ ରାଜା ଚାର୍ଲସ (କାଥୋଲିକ)ଙ୍କୁ ହତ୍ୟା କରାଗଲା। ସାରା ୟୁରୋପରେ ଇହୁଦୀ ମାନଙ୍କୁ ଘୃଣା କରି ଘେଟୋରେ ରଖାଗଲା।

ଭିନ୍ନ ମତାବଲମ୍ବୀମାନଙ୍କୁ ନିୟନ୍ତ୍ରଣରେ ରଖିବା ପାଇଁ ପୋପ କାଥେଲିକମାନଙ୍କ Inquisition Law ପ୍ରଣୟନ ପାଇଁ ଆଦେଶ ଦେଲେ। ଏହା ବର୍ତ୍ତମାନର ତାଲିବାନ ଆଇନଠାରୁ ଆହୁରି ଜଘନ୍ୟ ଥିଲା। ସ୍ୱତନ୍ତ୍ର ବିଚାରପତି ନିଯୁକ୍ତି ପାଇଲେ। ଯେଉଁମାନେ ଠିକ୍ ଭାବେ ଧର୍ମ ଆଚରଣ କରୁନଥିବେ (Heratics, Heresy) ସେମାନଙ୍କ ପାଇଁ ବିଭିନ୍ନ ଦଣ୍ଡର ବ୍ୟବସ୍ଥା ରହିଲା। ବିଶେଷତଃ ନିୟୁ ଖ୍ରୀଷ୍ଟିଆନ (Converted Christian)ମାନେ ନିଜ ପୁରୁଣା ଧର୍ମର ବ୍ୟବସ୍ଥା ମାନୁଥିବାରୁ ଏହାର ଶିକାର ହେଉଥିଲେ। ଦଣ୍ଡ ହେଲା, ନିଆଁରେ ପୋଡି ମାରିବା, ସାଧାରଣ ଜାଗାରେ ବାନ୍ଧି ଚାବୁକ ମାରିବା, ଲୋକମାନେ ଟେକା ଫିଙ୍ଗିବା, ଛିପ ପକାଇବା, ଯାହା ଏକ ପୂଣ୍ୟ କାର୍ଯ୍ୟ ବୋଲି ବିବେଚିତ ଥିଲା। ନିର୍ଜନ କାରାବାସ, ଦେଶାନ୍ତର, ଉପରୁ କଚାଡି ହାଡ ଗୋଡ ଭାଙ୍ଗି ଦେବା। ଶାସକ ମାନେ ନିଜ ବିରୋଧୀଙ୍କୁ ଏହି ସୁଯୋଗରେ ଧର୍ମଦ୍ରୋହୀ କହି ଦଣ୍ଡ ଦେଲେ। ସାରା ୟୁରୋପ ଓ ସେମାନଙ୍କର କଲୋନିମାନଙ୍କରେ ହଜାର ହଜାର ବ୍ୟକ୍ତିଙ୍କୁ ହତ୍ୟା କରାଗଲା। ପର୍ତ୍ତୁଗୀଜ ଅଧିକୃତ ଗୋଆରେ ଧର୍ମପ୍ରାଣ ସେଣ୍ଟ ଫ୍ରାନସିସ ଜାଭିଅରଙ୍କ ଆଦେଶରେ ୭୦ ଜଣଙ୍କୁ ନିଆଁରେ ପୋଡି ମାରି ଦିଆଯାଇଥିଲା। ୟୁରୋପରୁ ଏହି କଳାରାତି ନେପୋଲିଅନଙ୍କ ଆବିର୍ଭାବରେ ସମାପ୍ତ ହୋଇଥିଲା। ସେ ଆଦେଶ ଦେଇ ଏହି ଆଇନକୁ ଉଠାଇ ଦେଇଥିଲେ। ଆମର ଅତୀତକୁ ସମାଲୋଚନା କଲା ବେଳେ ସେହି ଉନ୍ନତ ଦେଶମାନଙ୍କ ଅତୀତକୁ ତୁଳନା କଲେ, ଆମ ବ୍ୟବସ୍ଥା ଯେ ତାଙ୍କ ଠାରୁ ସହସ୍ରଗୁଣ ଉଦାର ଥିଲା, ତାହା ନିଃସନ୍ଦେହରେ କୁହାଯାଇପାରିବ। ସେଥିପାଇଁ ଆମର ଅତୀତରେ ଯାହାକିଛି ଦୁର୍ବଳତା ରହିଛି, ତାହା ପାଇଁ ଲଜ୍ଜିତ ହେବାର ଆବଶ୍ୟକତା କିଛି ନାହିଁ।

# ବିଷାଦଗ୍ରସ୍ତ ଭାରତ

ବ୍ୟସ୍ତବହୁଳ ଜୀବନରେ ଜଞ୍ଜାଳମୟ ମୁହୂର୍ତ୍ତ ସମସ୍ତଙ୍କୁ ଅସ୍ତବ୍ୟସ୍ତ କରୁଛି। କର୍ମକ୍ଷେତ୍ର ଠାରୁ ବୃତ୍ତିଗତ କ୍ଷେତ୍ର ସବୁଠି ବ୍ୟସ୍ତତା, ଅଶାନ୍ତି ଓ ବିଶାଦର ଚିହ୍ନ। ନିକଟରେ ଜାତୀୟ ସ୍ୱାସ୍ଥ୍ୟ ବୁଲେଟିନର ତଥ୍ୟକୁ ଅନୁଯାୟୀ ଭାରତକୁ ଏକ ପ୍ରକାର ବିଷାଦମୟ ପରିବେଶ ସଂକ୍ରମିତ କରିଛି ବୋଲି ପରୋକ୍ଷରେ ତଥ୍ୟ ରଖିଛି। କେବଳ ସେତିକି ନୁହେଁ ସମାଜ ବିଜ୍ଞାନୀଙ୍କ ମତରେ ଭାରତକୁ କୁହାଯାଇଛି ଆତ୍ମହତ୍ୟାର ରାଜଧାନୀ। ଏହାର କାରଣ ଭାବେ ମେଡ଼ିକାଲ ରିସର୍ଚ୍ଚ ଆସୋସିଏସନ୍ ଦର୍ଶାଇଛି ଯେ ଭାରତ ଦିନକୁ ଦିନ ଅଧିକରୁ ଅଧିକ ବିଷାଦଗ୍ରସ୍ତ ହୋଇ ପଡୁଛି। ଏହାର କାରଣ ଅନେକ। ଯୁବକମାନଙ୍କ ଭିତରେ ରହିଛି ପରୀକ୍ଷା ବା ଚାକିରୀ ପାଇବାରେ ବିଫଳତା ଏବଂ ବେକାରୀ। ପ୍ରେମଜନିତ ଆତ୍ମହତ୍ୟା ଘଟନା ବି ବେଶ୍ ବଢ଼ିବାରେ ଲାଗିଛି। ସେହିପରି ଘରଣୀମାନେ ମଧ୍ୟ ଆଗଠାରୁ ଅଧିକ ସଂଖ୍ୟାରେ ଆତ୍ମହତ୍ୟା କରୁଛନ୍ତି। ସେମାନଙ୍କ ପରେ ଆସୁଛନ୍ତି ବୃଦ୍ଧ ବା ବୃଦ୍ଧା। ବରିଷ୍ଠ ନାଗରିକମାନେ ମଧ୍ୟ ନିଃସଙ୍ଗତା ଓ ଆର୍ଥିକ ଅନଟନଜନିତ କାରଣରୁ ବିଷାଦଗ୍ରସ୍ତ ହୋଇ ଆତ୍ମହତ୍ୟା କରୁଛନ୍ତି। ଏକ ସର୍ବେକ୍ଷଣରୁ ଜଣାପଡ଼ିଛି ଭାରତର ପ୍ରାୟ ଦୁଇ ତୃତୀୟାଂଶ ଲୋକେ ସାମାନ୍ୟ ଭାବେ ବିଷାଦଗ୍ରସ୍ତ। କିନ୍ତୁ ଏକ ଚତୁର୍ଥାଂଶ ଭାରତ ଅତି ମାତ୍ରାରେ ବିଷାଦଗ୍ରସ୍ତ, ଯାହାକି ଆତ୍ମହତ୍ୟାର ମୁଖ୍ୟ କାରଣ। ଜଣାପଡ଼ିଛି ଯେ ଭାରତରେ ଏବେ ପ୍ରତି ପନ୍ଦର ମିନିଟ୍‌ରେ ତିନିଟି ଆତ୍ମହତ୍ୟା ଘଟନା ଘଟୁଛି। ଏହି ତିନିଟି ଭିତରୁ ୧୮ରୁ ୨୯ ବର୍ଷ ବୟସ ଭିତରେ ଯୁବକ ବା ଯୁବତୀଙ୍କ ସଂଖ୍ୟା ହେଉଛି ଗୋଟିଏ। ଭାରତକୁ ଆତ୍ମହତ୍ୟାର ରାଜଧାନୀ ବୋଲି କୁହାଯିବା ପଛରେ କାରଣ ହେଉଛି ପ୍ରତିବର୍ଷ ଯେତିକି ଆତ୍ମହତ୍ୟା ଘଟନା ରିପୋର୍ଟ ହେଉଛି ତା ସଂଖ୍ୟା ଏକ ଲକ୍ଷରୁ ଅଧିକ। ନ୍ୟାସନାଲ କ୍ରାଇମ୍ ବ୍ୟୁରୋର ରିପୋର୍ଟରୁ ଜଣା ପଡ଼ିଛି ଯେ ପ୍ରତିଟି ଆତ୍ମହତ୍ୟା ସଫଳ ହେବା ପଛରେ ରହିଥାଏ ପ୍ରାୟ ୧୨ଟି ବିଫଳ ଆତ୍ମହତ୍ୟାର ଉଦ୍ୟମ ହୋଇଥାଏ। ଜଣାପଡ଼ିଛି ଯେ ଭାରତରେ ବିଷ ପିଇ ଆତ୍ମହତ୍ୟା କରୁଥିବା ଲୋକଙ୍କ ସଂଖ୍ୟା ସର୍ବାଧିକ। ଏବେ ଆତ୍ମହତ୍ୟାର ଧାରାରେ ଯେଉଁ ପରିବର୍ତ୍ତନ ବିଷୟରେ ସୂଚନା ମିଳିଛି ତାହା ହେଲା, ଏବେ ବରିଷ୍ଠ ନାଗରିକମାନଙ୍କ ଦ୍ୱାରା ଆତ୍ମହତ୍ୟାର ସଂଖ୍ୟା ବଢ଼ିଛି। ଛାତ୍ରଛାତ୍ରୀମାନଙ୍କ ଭିତରେ ଆତ୍ମହତ୍ୟାକୁ ରୋକିବାକୁ ହେଉଥିବା ବିଭିନ୍ନ ସ୍ତରୀୟ ଉଦ୍ୟମ ପରେ ସେଥିରେ କିଞ୍ଚିତ ରୋକ ଲାଗିଥିବାର ଦେଖାଯାଉଛି। ଶାସ୍ତ୍ର କହୁଛି ମଣିଷ ହେଉଛି ଭଗବାନଙ୍କ ସୃଷ୍ଟିର ଶ୍ରେଷ୍ଠ ବରଦାନ। କିନ୍ତୁ ସବୁକିଛି ଥାଇ ବି ଆମ୍ଭମାନଙ୍କ ଭିତରେ ବିଷାଦ କାହିଁକି ସ୍ଥାନ ପାଉଛି। ଜୀବନରେ ଅଭାବ ଯନ୍ତ୍ରଣା, ଅପମାନ ଠାରୁ ଅନେକ ଝଡ଼ଝଞ୍ଜାର ସ୍ଥାନ ରହିଛି। ସବୁଠି ପରିସ୍ଥିତିର ପ୍ରତିକୂଳକୁ ସାମ୍ନା କରି ଜୀବନ ପଥକୁ ଆଗକୁ ମାଡ଼ିଚାଲିବାର କଥା। ଆମ୍ଭେମାନେ ଚେଇଁ ଶୋଇଲା ପରି ସବୁକିଛି ଜାଣି ବି ଅଜଣା ପାଲଟୁଛେ। ବିଷାଦର ମୁଖ୍ୟ କ୍ଷେତ୍ର ହେଉଛି ହତାଶବୋଧ ଯାହାକି ଜୀବନର ଶେଷ ରାସ୍ତାରେ ମଣିଷଟିକୁ ପହଞ୍ଚାଇ ଦେଉଛି। ବାସ୍ତବବାଦୀ ଜୀବନରେ ଦରଦାମ୍‌ର ବୋଝ, ପରିବାରକୁ ସମୟ ଦେଇନପାରି ବ୍ୟସ୍ତତାର ମାନସିକତା, କାର୍ଯ୍ୟକ୍ଷେତ୍ରରେ ଗୁରୁଦାୟିତ୍ୱ, ଇପ୍‌ସିତ ବସ୍ତୁ ବା ସମ୍ପତ୍ତି ନପାଇବା, ତଥାକଥିତ ଭାଗ୍ୟବାଦୀ ଜ୍ୟୋତିଷଙ୍କ ପରାମର୍ଶରେ ଭାଗ୍ୟନାହିଁ ବିଚାର କରିବା ପରି ବିଭିନ୍ନ ପ୍ରକାର ମାନସିକତା କବଳିତ କରୁଛି ଲୋକଚରିତ୍ରକୁ। ସମାଜରେ ବିଷାଦଗ୍ରସ୍ତତା ସବୁଠାରୁ ବଡ଼ ବ୍ୟାଧି ବୋଲି ମହାପୁରୁଷ ସେମାନଙ୍କ ମାର୍ଗଦର୍ଶନରେ କହିଛନ୍ତି। ବିଷାଦତା ଏକ ରୋଗ ନୁହେଁ ବାସ୍ତବରେ ଏହା ଏକ ମାନସିକତା। କ୍ଷୁଦ୍ର କୁଟୀରରେ ରାଜଉଆଁସର ସୁଖ ଜଣେ ପାଇ ନପାରେ କିନ୍ତୁ ଶାନ୍ତି ତ ନିଶ୍ଚିତ ପାଇପାରିବ! ତେବେ ଏ ସବୁ ଜାଣି କ'ଣ ପାଇଁ ବିଷାଦଗ୍ରସ୍ତ ସମାଜରେ ଆମ୍ଭେମାନେ ଜୀବନ ନିର୍ବାହ କରୁଛେ। ଆସନ୍ତୁ ବିଷାଦଗ୍ରସ୍ତତାକୁ ମନ ଭିତରୁ ଦୂର କରି ଜୀବନକୁ ଭଲ କାମ ପାଇଁ ଭଲ ରାସ୍ତାରେ ନେବା ସହ ବିଷାଦଗ୍ରସ୍ତ ଭାରତକୁ ବଦଳାଇବାରେ ଗୁଣ୍ଡୁଚି ମୂଷା ପରି ଜଣେ ନାଗରିକ ହିସାବରେ ଦାୟିତ୍ୱ ନିର୍ବାହ କରି ସମାଜର କଲ୍ୟାଣ ସାଧିତ କରିପାରିବା।

# ପ୍ରଧାନଶିକ୍ଷକ ସମ୍ମିଳନୀ ଉଦଯାପିତ

ପୁରୀ,(ପି.ଏନ): ଟାଉନ ହଲ ଠାରେ ଦୀର୍ଘ ୩ ଦିନ ଧରି ପରିଚାଳିତ ହେଉଥିବା ପୁରୀ ଜିଲ୍ଲା ମାଧ୍ୟମିକ ବିଦ୍ୟାଳୟ ପ୍ରଧାନଶିକ୍ଷକ ସମ୍ମିଳନୀ ଆଜି ଉଦଯାପିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ଗୃହ ତଥା କ୍ରୀଡ଼ା ଓ ଯୁବ ବ୍ୟାପାର ମନ୍ତ୍ରୀ ତୁଷାରକାନ୍ତି ବେହେରା ମୁଖ୍ୟ ଅତିଥି ଭାବେ ଯୋଗଦେଇ ପାଠପଢ଼ା ସହ କ୍ରୀଡ଼ା କ୍ଷେତ୍ରରେ ମଧ ଛାତ୍ରଛାତ୍ରୀ ମାନଙ୍କ ପ୍ରତି ଯତ୍ନବାନ ହେବାକୁ ପ୍ରେରଣା ଦେଇଥିଲେ। ପାଠରେ ଭଲ କରୁ ନ ଥିବା ଛାତ୍ର ମଧ କ୍ରୀଡ଼ା କ୍ଷେତ୍ରରେ ଭଲ କରି ଜୀବନ ଓ ଜୀବିକାକୁ ସାର୍ଥକ କରିପାରିବେ ବୋଲି ମତପୋଷଣ କରିଥିଲେ। ସମ୍ମାନୀତ ଅତିଥି ରୂପେ ପୁରୀ ଜିଲ୍ଲା ପରିଷଦ ଅଧ୍ୟକ୍ଷା ସ୍ୱପ୍ନାରାଣୀ ସ୍ୱାଇଁ ଉପସ୍ଥିତ ହୋଇ ଭାରତୀୟ ଶିକ୍ଷା ବ୍ୟବସ୍ଥାରେ ପ୍ରଧାନଶିକ୍ଷକ ମାନଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ ଓ ସେମାନେ ସକ୍ରିୟ ହେଲେ ଶିକ୍ଷାର ଗୁଣାତ୍ମକ ମାନ ବୃଦ୍ଧି ହେବା ସହ ସାମଗ୍ରିକ ବିକାଶ ସାଧିତ ହୋଇପାରିବ ବୋଲି କହିଥିଲେ। ଏନ୍ ସି ଆର ଟି ପ୍ରଫେସର ଲକ୍ଷ୍ମୀଧର ବେହେରା ୨୦-୨୦ ନ୍ୟାସନାଲ ଏଜୁକେସନ ପଲିସି ସମ୍ବନ୍ଧରେ ବିଶଦ ବିବରଣୀ ପ୍ରଦାନ କରିଥିଲେ। ପୁରୀ ଜିଲ୍ଲା ସ୍କୁଲ୍ ପ୍ରଧାନଶିକ୍ଷୟତ୍ରୀ ଜ୍ୟୋତିର୍ମୟୀ ମିଶ୍ର ବିଦ୍ୟାଳୟର ପ୍ରାର୍ଥନା ସଭା ସୁପରିଚାଳନା ଓ ଅନ୍ୟାନ୍ୟ ଇନୋଭେଟିଭ୍ କାର୍ଯ୍ୟକ୍ରମ ସମ୍ପର୍କରେ ମତବ୍ୟକ୍ତ କରିଥିଲେ। ଜିଲ୍ଲା ସମଗ୍ର ଶିକ୍ଷା ବିଭାଗର ରମେଶ ଚନ୍ଦ୍ର ସାହୁ ଓ ବିଚିତ୍ରାନନ୍ଦ ଜେନା ପେଡାଗୋଜି ଓ ଅର୍ଥ ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ। ପୁରୀ ଆରଟିଓ ରବୀନ୍ ପଟ୍ଟନାୟକ ସଡକ ନିରାପତା ଓ ଡିସିପିଓ, ମନୋଜ କୁମାର ତ୍ରିପାଠୀ ଶିଶୁ ସୁରକ୍ଷା ବିଷୟରେ ଆଲୋଚନା କରିଥିଲେ। ଜିଲ୍ଲା ଶାରୀରିକ ଶିକ୍ଷା ନିରୀକ୍ଷକ ମହେନ୍ଦ୍ର କୁମାର ବିଶ୍ୱାଳ କ୍ରୀଡ଼ା, ସ୍କାଉଟସ୍ ଓ ଜୁନିୟର ରେଡ୍‌କ୍ରସ୍ ବିଷୟରେ ବିବରଣୀ ପ୍ରଦାନ କରିଥିଲେ। ବିଶ୍ୱଜିତ ଭୋଳ ପ୍ରୋଗ୍ରାମର, ପି ଏମ୍ ପୋଷଣ ଏମ୍ ଡି ଏମ୍ ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ। ଅନ୍ତର୍ନିବେଶୀ ଶିକ୍ଷା ସଂଯୋଜକ କାର୍ତିକେଶ୍ୱର ପ୍ରଧାନ ଭିନ୍ନକ୍ଷମ ପିଲାମାନଙ୍କ ଅନ୍ତର୍ନିବେଶୀ ଶିକ୍ଷା ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ। ସୁଶୀଲ କୁମାର ବ୍ରହ୍ମା ମଣ୍ଡଳ ଶିକ୍ଷାଧିକାରୀ, ଗୋପ, ଶିକ୍ଷାର୍ଥୀ ମାନଙ୍କ ବୀମା ଯୋଜନା ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ। ସମସ୍ତ କାର୍ଯ୍ୟକ୍ରମ ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ମମତା ମିଶ୍ର ଓ ହିମାଂଶୁ ଭୂଷଣ ସମର୍ଥ ସଂଯୋଜନା ଓ ସଭାପତି ତଥା ଜିଲ୍ଲା ଶିକ୍ଷାଧିକାରୀ ଡ଼ଃ. ବିଶ୍ୱଜିତ ଘୋଷଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପରିଚାଳିତ ହୋଇଥିଲା। ପ୍ରଧାନଶିକ୍ଷକ ରୂପଶ୍ରୀ ଛୋଟରାୟ ବିବରଣୀ ପାଠ କରିଥିଲେ ଓ ଶଙ୍କର କୁମାର ସୁବୁଦ୍ଧି ଧନ୍ୟବାଦ ଅର୍ପଣ କରିଥିଲେ।

# ଭଣ୍ଡା କେ.ବି. ସରକାରୀ ଉଚ୍ଚ ବିଦ୍ୟାଳୟର ବାର୍ଷିକ ଉତ୍ସବ

ଚମ୍ପୁଆ, (ପି.ଏନ): ଚମ୍ପୁଆ ବ୍ଲକ ଅନ୍ତର୍ଗତ ଭଣ୍ଡା କେ. ବି. ସରକାରୀ ଉଚ୍ଚ ବିଦ୍ୟାଳୟର ବାର୍ଷିକ ଉତ୍ସବ ବିଦ୍ୟାଳୟ ପରିସରରେ ମହାସମାରୋହରେ ପାଳିତ ହୋଇଯାଇଛି। ଉତ୍ସବରେ ବିଦ୍ୟାଳୟର ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ହୃଦାନନ୍ଦ ମହାନ୍ତ ସଭାପତିତ୍ୱ କରିଥିବା ବେଳେ ମୁଖ୍ୟ ଅତିଥି ଭାବେ ପାଟଣାର ପୂର୍ବତନ ବିଧାୟକ ତଥା ଜିଲ୍ଲା ଯୋଜନା ବୋର୍ଡ ଅଧ୍ୟକ୍ଷ ହୃଷିକେଶ ନାଏକ, ମୁଖ୍ୟବକ୍ତା ଭାବେ ଭଣ୍ଡା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ମୁଖ୍ୟ ଚିକିତ୍ସାଧିକାରୀ ଡ଼ଃ. ଦୀପକ କୁମାର ସାହୁ, ସମ୍ମାନିତ ଅତିଥି ବଡ଼ବିଲ-ରୁଙ୍ଗଟା ମାଇନ୍‌ସର ବରିଷ୍ଠ ପ୍ରବନ୍ଧକ ଚିନ୍ମୟ କୁମାର ମହାନ୍ତ ଏବଂ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷକ ବୈଲୋଚନ ମହାନ୍ତ ପ୍ରମୁଖ ଯୋଗଦେଇ ଛାତ୍ରଛାତ୍ରୀମାନେ ସଫଳତାର ସିଡି ଚଢ଼ିବାକୁ ହେଲେ ସ୍ୱପ୍ନ, ବିଶ୍ୱାସ, ଅଭ୍ୟାସ ଓ ସିଷ୍ଟମ୍ କୁ ଅନୁସରଣ କରିବାକୁ ପଡ଼ିବ ବୋଲି ଦିଗଦର୍ଶନ ଦେଇଥିଲେ। କଠିନ ପରିଶ୍ରମ କରି, ଭଲ ପାଠ ପଢ଼ି ବିଦ୍ୟାଳୟ ତଥା ଦେଶର ସୁନାମ ଆଣିବାକୁ ମୁଖ୍ୟ ଅତିଥି ତାଙ୍କ ବକ୍ତବ୍ୟରେ ଛାତ୍ରଛାତ୍ରୀ ମାନଙ୍କୁ କହିଥିଲେ।

# ବ୍ରହ୍ମା କୁମାରୀ ଗୀତା ପାଠଶାଳାର ରୌପ୍ୟ ଜୟନ୍ତୀ ସମାରୋହ

ଗଞ୍ଜାମ, (ପି.ଏନ): ପ୍ରଜାପିତା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱ ବିଦ୍ୟାଳୟ ଶାନ୍ତି ଶକ୍ତି ଭବନ ଦ୍ୱାରା ସ୍ଥାପିତ ତଥା ପରିଚାଳିତ ପିତଳ ତେଲିସାହି ସ୍ଥିତ ବ୍ରହ୍ମାକୁମାରୀ ଗୀତା ପାଠଶାଳାର ସ୍ଥାପନାର ୨୫ତମ ସ୍ୱନକ୍ଷତ୍ର ଦିବସ ତଥା ରୌପ୍ୟ ଜୟନ୍ତୀ ମହା ସମାରୋହରେ ପାଳିତ ହୋଇଯାଇଛି। ଏହି ପରିପ୍ରେକ୍ଷୀରେ ଏକ ବର୍ଣ୍ଣାଢ୍ୟ ପରିବେଶରେ ଶାନ୍ତି ଶକ୍ତି ଭବନ ସଂଚାଳିକା ରାଜଯୋଗିନୀ ବ୍ରହ୍ମାକୁମାରୀ ପ୍ରଭାତୀ ଭଉଣୀ ତଥା ବରିଷ୍ଠ ସାମ୍ବାଦିକ ଡକ୍ଟର ହୃଷୀକେଶ ମହାନ୍ତିଙ୍କ କରକମଳରେ ଶିବଧ୍ୱଜା ଉତୋଳନ କରିବା ପରେ ଶତାଧିକ ଭଉଣୀ ଭାଇ ଶିବ ସନ୍ଦେଶ ଦେବା ଉଦ୍ଦେଶ୍ୟରେ ଶାନ୍ତି ଯାତ୍ରାରେ ପିତଳ, ତ୍ଅର, ବ୍ରାହ୍ମଣ ଛାଇ, ଆମ୍ବିଳାପଲ୍ଲୀ ଓ ପଙ୍କଳବାଡି ଆଦି ଗ୍ରାମ ପରିକ୍ରମା କରିଥିଲେ। ସନ୍ଧ୍ୟାରେ ପିତଳ ତେଲି ସାହି ସ୍ଥିତ ଗୀତା ପାଠଶାଳା ସମ୍ମୁଖରେ ଏକ ଆଧ୍ୟାତ୍ମିକ ସ୍ନେହ ମିଳନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ରୂପେ ଯୋଗଦେଇ ଥିଲେ ଗଞ୍ଜାମ ଜିଲ୍ଲା ପରିଷଦ ଅଧ୍ୟକ୍ଷା ଅଞ୍ଜଳୀ ସ୍ୱାଇଁ ଏବଂ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ ଧରାକୋଟର ପୂର୍ବତନ ସରପଂଚ ମନୋଜ ସ୍ୱାଇଁ, ବରିଷ୍ଠ ସାମ୍ବାଦିକ ଡକ୍ଟର ହୃଷୀକେଶ ମହାନ୍ତି, ଜିଲ୍ଲା ପରିଷଦ ପ୍ରତିନିଧି ବରୁଣ କୁମାର ପଲାଇ। କାର୍ଯ୍ୟକ୍ରମର ମୁଖ୍ୟବକ୍ତା ରାଜ ଯୋଗିନୀ ବ୍ରହ୍ମାକୁମାରୀ ପ୍ରଭାତୀ ଭଉଣୀ ପ୍ରକାଶ କରିଥିଲେ ଯେ, ସହଜ ରାଜଯୋଗ ଅଭ୍ୟାସ କରି ବିଗତ ୨୫ ବର୍ଷ ମଧ୍ୟରେ ପିତଳ ଗ୍ରାମପଂଚାୟତର ଶତାଧିକ ଭଉଣୀ ଭାଇଙ୍କ ସରଳ, ନିରାଡମ୍ବର, ସାତ୍ତ୍ୱିକ ଜୀବନଶୈଳୀ ଅଂଚଳବାସୀଙ୍କ ପାଇଁ ଆଦର୍ଶ ବନିଛି। ସମ୍ମାନିତ ଅତିଥି ଧରାକୋଟ ପୂର୍ବତନ ସରପଂଚ ମନୋଜ ସ୍ୱାଇଁ ଓ ବରିଷ୍ଠ ସାମ୍ବାଦିକ ଡକ୍ଟର ହୃଷୀକେଶ ମହାନ୍ତି ବ୍ରହ୍ମାକୁମାରୀ ମୁଖ୍ୟାଳୟ ମାଉଂଟ ଆବୁ ଦର୍ଶନ ସମୟର ଅନୁଭୂତି ପ୍ରକାଶ କରିଥିଲେ। ସମସ୍ତଙ୍କ ଗହଣରେ ରଜତ ଜୟନ୍ତୀ ଉପଲକ୍ଷେ ପରମାତ୍ମାଙ୍କ ସ୍ମୃତିରେ ପ୍ରଦୀପ ପ୍ରଜ୍ୱଳନ କରାଯାଇଥିଲା। ବ୍ରହ୍ମାକୁମାର ସତ୍ୟପ୍ରିୟ କାର୍ଯ୍ୟକ୍ରମ ପରିଚାଳନା କରିଥିବା ବେଳେ ବ୍ରହ୍ମାକୁମାର ପଂଚାନନ, ପଂଚାୟତ୍ରି, ରାମପ୍ରସାଦ, ଲୋଚନ, ରାଧାଶ୍ୟାମ ଓ ବ୍ରହ୍ମାକୁମାରୀ ଲୀଳା, ଭାଗ୍ୟ, ସୁଜ୍ଞାନୀ, ସ୍ମିତା, ସୁମିତ୍ରା, କସ୍ତୁରି, ସବିତା ତଥା ଅନ୍ୟାନ୍ୟ ଭଉଣୀ ଭାଇ ପରିଚାଳନାରେ ସହଯୋଗ କରିଥିଲେ।




## ନବରଙ୍ଗପୁର ଠାରେ ବିଭିନ୍ନ ବ୍ଲକରେ ସୁଭଦ୍ରା ରଥକୁ ସ୍ୱାଗତ

ନବରଙ୍ଗପୁର,(ପି.ଏନ): ଜିଲ୍ଲାରେ ସୁଭଦ୍ରା ଯୋଜନା କୁ ହିତାଧିକାରୀଙ୍କ ନିକଟରେ ପହଞ୍ଚାଇବା ଓ ଏହା ଉପରେ ବିଶେଷ ସଚେତନତା ସୃଷ୍ଟି ଉଦ୍ଦେଶ୍ୟରେ ଗତ ୭.୯.୨୦୨୪ ରିଖ ଠାରୁ ସୁଭଦ୍ରା ରଥ ସମସ୍ତ ବ୍ଲକରେ ଗଡୁଛି ଏବଂ ଉତ୍ସାହର ସହ ସ୍ୱାଗତ କରାଯାଉଛି ।ଜିଲ୍ଲାରେ ବିଭିନ୍ନ ଜନ ସେବା କେନ୍ଦ୍ର ଓ ମୋ ସେବା କେନ୍ଦ୍ର ଜରିଆରେ ଆଜି ପର୍ଯ୍ୟନ୍ତ ମୋଟ ୭୪୩୧୫ଜଣ ମହିଳା ସୁଭଦ୍ରା ଯୋଜନାରେ ନାମ ପଞ୍ଜିକରଣ କରିଛନ୍ତି ।ସେଥିମଧ୍ୟରୁ ଚ଼ନ୍ଦାହଣ୍ଡି ବ୍ଲକରେ ୭୦୩୩ ଜଣ, ଡ଼ାବୁ ଗାଁ ବ୍ଲକରେ ୨୫୮୨ ଜଣ,ଝରି ଗାଁ ବ୍ଲକ ରେ ୯୫୧୩ଜଣ, କୋଶାଗୁମୁଡ଼ା ବ୍ଲକ ରେ ୭୨୩୮ ଜଣ,ନବରଙ୍ଗପୁର ବ୍ଲକରେ ୫୦୬୬ ଜଣ, ନନ୍ଦାହାଣ୍ଡି ବ୍ଲକରେ ୩୭୪୩ଜଣ, ପାପଡ଼ାହାଣ୍ଡି ବ୍ଲକରେ ୬୮୩୮ଜଣ , ରାଇଘର ବ୍ଲକରେ ୧୦୬୪୩ ଜଣ, ତେନ୍ତୁଲି ଖୁଣ୍ଟି ବ୍ଲକରେ ୭୨୪୫ ଜଣ, ଉମରକୋଟ ବ୍ଲକ ରେ ୧୧୬୭୩ ଜଣ,ନବରଙ୍ଗପୁର ପୌର ପରିଷଦ ରେ ୯୮୧ ଏବଂ ଉମରକୋଟ ପୌର ପରିଷଦରେ୧୭୩୪ ଜଣ ପଞ୍ଜିକରଣ



କରିଛନ୍ତି । ସୂଚ଼ନା ଯୋଗ୍ୟ ଯେ ଜିଲ୍ଲାରେ ସୁଭଦ୍ରା ଯୋଜନାର ସଫଳ ରୂପାୟନ ପାଇଁ ୬ ଟି ସୁଭଦ୍ରା ସଚେତନତା ରଥ,୮୦୮ ଟି ଜନ ସେବା କେନ୍ଦ୍ର,୨୫୦ ଟି ମୋ ସେବା କେନ୍ଦ୍ର ସ୍ଥାପନ ସହ ପୋଷ୍ଟର, ଲିଫ୍‌ଲେଟ, ହୋର୍ଡିଂ ଓ ମାଇକ ଜରିଆରେ ସଚେତନତା ସୃଷ୍ଟି କରାଯାଉଛି ।ଆବେଦନ ନିମନ୍ତେ କୌଣସି ଅନ୍ତିମ ସମୟ ସୀମା ଧାର୍ଯ୍ୟ କରାଯାଇନାହିଁ ।୨୧ ରୁ ୬୦ ବର୍ଷ ବୟସ ପର୍ଯ୍ୟନ୍ତ ମହିଳାମାନେ ଏହି ଯୋଜନାରେ ଆବେଦନ କରିପାରିବେ ।ପ୍ରତ୍ୟେକ ଅଙ୍ଗନବାଡି କେନ୍ଦ୍ର ରେ ବିନା ମୂଲ୍ୟରେ ଫର୍ମ ଉପଲବ୍ଧ ହେଉଛି ।ସେହିପରି ବିନା ମୂଲ୍ୟରେ ସେବା କେନ୍ଦ୍ର ମାନଙ୍କରେ ଫର୍ମ ପୁରଣ ଓ ପଞ୍ଜିକରଣ କରାଯାଉଛି । ଆବେଦନକାରୀ ନିଜର ଆଧାର ସହ ବ୍ୟାଙ୍କ ଲିଙ୍କ କରିବା ଆବଶ୍ୟକ । ହିତାଧିକାରୀ ଯେଭଳି ଅସୁବିଧାର ସମ୍ମୁଖିନ ନ ହୁଅନ୍ତି, ସେଥି ପ୍ରତି ଜିଲ୍ଲା ପ୍ରଶାସନ ପକ୍ଷରୁ ବ୍ୟାପକ ବ୍ୟବସ୍ଥା ଗ୍ରହଣ କରାଯାଇଛି ।

## ଲିଜଧାରୀ ନିୟମ ବୈହିର୍ଭୁତ ଭାବେ ବାଲି ଖଦାନ ଚଳାଉଥିବା

ବାଲେଶ୍ୱର,(ପି.ଏନ): ସଦର ବ୍ଲକ ଅନ୍ତର୍ଗତ ନଗ୍ରମ ଗ୍ରାମ ପଞ୍ଚାୟତ ଓ ରେମୁଣା ବ୍ଲକ ଦହପଡ଼ା ଗ୍ରାମ ପଞ୍ଚାୟତର ଫୁଲୱାର କଷବା, କାଳିପୁର, ଖେଜୁରପୁର, ଦହପଡ଼ା, କଣ୍ଟାବଣିଆ, ଗମ୍ଭାରିଆ ଓ ଧରମପୁର ଗ୍ରାମର ଗ୍ରାମବାସୀ ମାନେ ଲିଜ ନେଇଥିବା ଅରୁଣାକର ଦାସଙ୍କ ବିରୁଧରେ ଜିଲ୍ଲାପାଳଙ୍କୁ ଏକ ଦାବି ପ୍ରଦାନ କରିଛନ୍ତି । ବାଲି ଉଠାଇବା ନିମନ୍ତେ କୌଣସି ଯାନ୍ତ୍ରିକ ବ୍ୟବସ୍ଥା ନିୟମ ନ ଥିବା ବେଳେ ପ୍ରତିଦିନ ପୋକ୍ଲେନ ମେସିନ ମାଧ୍ୟମରେ ନଦୀ ଗର୍ଭରୁ ବେଆଇନ ଭାବରେ ସହ ସହ ସିୟୁଏମ ବାଲି ଉତ୍ତୋଳନ କରୁଛନ୍ତି। ଏହି ବାଲି ସୌରାତ୍ ଚଳାଇବା ପାଇଁ ସମୁଦାୟ ୩୭ ହଜାର ୪୦୦ ସିୟୁଏମ ବାଲି ଉତ୍ତୋଳନ ପାଇଁ ଅନୁମତି ଅଛି । ୦.୩ ମିଟର ହିସାବରେ ବର୍ଷକୁ ଯେତିକି ବାଲି ଉତ୍ତୋଳନ କରିବା କଥା ପ୍ରତିଦିନ ଏହି ମେସିନ ସାହାଯ୍ୟରେ ବେଆଇନ ଭାବେ ବହୁତ ଅଧିକ ବାଲି ଉତ୍ତୋଳନ କରାଯାଉଛି । ଏହା ଦ୍ୱାରା ସରକାର ଉକ୍ତ ସୈରାତ୍‌କୁ ବାର୍ସିକ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହରାଉଥିବାର ଜଣାପଡୁଛି । ଅଧିକ ବାଲି ଉତ୍ତୋଳନ ଓ ପରିବହନ ଜଣା ପଡିଯିବା ଭୟରେ ତହସିଲ କାଯ୍ୟାଳୟରୁ ମିଳିଥିବା କେଫର୍ମ ଜାଣିଶୁଣି ଗାଡ଼ିକୁ ଦିଆଯାଉ ନାହିଁ। ଉକ୍ତ ବାଲି ସୈରାତ କୌଣସି ଗୋଟିଏ ମଧ ନିୟମର ସର୍ତ ଅନୁସରଣ କରୁ ନାହିଁ ଏବଂ ଏହା ଜାତୀୟ ସବୁଜ ପ୍ରାଧିକରଣ (ଏନଜିଟି) ପାସ ହୋଇଛି କି ନାହିଁ ତାହା ମଧ ସନ୍ଦେହ ସୃଷ୍ଟି ହେଉଛି । ନଦୀ ପଠାରୁ ୪୦ ମିଟର ଛାଡ଼ି ଓ ମାତ୍ର ୦.୩ ମିଟର ଗଭୀର ପର୍ଯ୍ୟନ୍ତ ବାଲି ଉଠାଇବାର ନିୟମ ଥିବା ବେଳେ ଉକ୍ତ ଲିଜ୍‌ଧାରୀ ଏହାର ସମ୍ପୁର୍ଣ୍ଣ ଓଲଟା ଅର୍ଥାତ ନଦୀ ପଠାକୁ ଖୋଳି ଡମ୍ଫର ସାହାଯ୍ୟର ସହ ସହ ଟ୍ରିପ ମାଟି ବିକ୍ରି କରୁଛନ୍ତି । ଫଳରେ ନଦୀ ଗର୍ଭରେ ୫୦ ରୁ ୬୦ ଫୁଟ ପର୍ଯ୍ୟନ୍ତ ଗଣ୍ଡ ସୃଷ୍ଟି ହୋଇ କିଛି ଲୋକ ନଦୀରେ ଗାଧଇବା ସମୟରେ ପାଣିରେ ବୁଡ଼ିଯାଇ ମୃତ୍ୟୁ ବରଣ କରୁଥିବା ଉଦ୍ଦାରଣ ମଧ ରହିଛି । ନଦୀ ଜଳଠାରୁ ମାଟି ଖୋଳି ବିକ୍ରି କରିବା ଫଳରେ ବୁଢ଼ାବଳଙ୍ଗ ନଦୀରେ ବନ୍ୟା ଆସିଲେ ନଦୀର ଗତିପଥ ପରିବର୍ତ୍ତନ ହୋଇ ଗ୍ରାମ ଗୁଡ଼ିକ ନଦୀ ଗର୍ଭରେ ଲୀନ ହେବାର ଆଶଙ୍କା ମଧ ସୃଷ୍ଟି ହୋଇଛି । ବର୍ତ୍ତମାନ ଗ୍ରୀଷ୍ମ ସମୟରେ ଗୋରୁ ଗାଇ, ଛେଳି ଇତ୍ୟାଦି ପ୍ରାଣି ମାନେ ପାଣି ପିଇବା ପାଇଁ ନଦୀକୁ ଯିବା ବେଳେ ନଦୀ ପାଣି ଗୋଳିଆ ହୋଇଯାଇଥିବାରୁ ପାଣି ମଧ ପିଇ ପାରୁ ନାହାନ୍ତି ।ରାଜ୍ୟ ପରିବେଶ ଓ ପ୍ରଭାବ ମୁଲ୍ୟାୟନ କର୍ତ୍ତୃପକ୍ଷଙ୍କ ଜଣେ ବରିଷ୍ଠ ବୈଜ୍ଞାନିକ, ରାଜ୍ୟ ପ୍ରଦୁଷଣ ବୋର୍ଡ଼ର ବରିଷ୍ଠ ବୈଜ୍ଞାନିକ, ଜିଲ୍ଲାପାଳ କିମ୍ବା ତାଙ୍କ କେହି ପ୍ରତିନିଧି ଓ ଜିଲ୍ଲା ଖଣି ଅଧିକାରୀଙ୍କୁ ନେଇ ଏକ କମିଟି ଗଠନ କରାଯାଇ ସସବା ଦହପଡ଼ା ବାଲି ସୈରାତକୁ ନିରପେକ୍ଷ ତଦନ୍ତ କରି ଯଦି ଆଇନ ବୈହିର୍ଭୁତ କାର୍ଯ୍ୟ କରାଯାଇ ଥାଏ ତାହାହେଲେ ଲିଜ୍‌ଧାରୀ କରୁଣାକର ଦାସଙ୍କ ଉପରେ ଦିତ କାର୍ଯ୍ୟାନୁଷ୍ଠାନ ନେବାକୁ ଏହି ୨ ଟି ଗ୍ରାମ ପଞ୍ଚାୟତର ଅଧିବାସୀ ମାନେ ଦାବି କରିଛନ୍ତି।

## ଓଡ଼ିଶା ପଥବିକ୍ରେତା ସଂଘ ପକ୍ଷରୁ ଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ

ବାଲେଶ୍ୱର,(ପି.ଏନ): ଓଡ଼ିଶା ପଥବିକ୍ରେତା ସଂଘ ପକ୍ଷରୁ ଏକ ସୋଭାଯାତ୍ରା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ପହଞ୍ଚି ପଥବିକ୍ରେତା ଜୀବିକା ସୁରକ୍ଷା ଓ ପଥ ବିକ୍ରେତା ବିନିମୟ ଆଇନ ଉଲଙ୍ଘନ ଏବଂ ପଥବିକ୍ରେତାଙ୍କ ଜୀବିକା ଓ ଜୀବନ ଉଚ୍ଛେଦ ଅଭିଯୋଗ ବନ୍ଦ କରିବାକୁ ଏକ ଦାବିପତ୍ର ପ୍ରଦାନ କରିଛନ୍ତି । ପଥବିକ୍ରେତା ଙ୍କ ଜୀବିକା ସୁରକ୍ଷା ପାଇଁ ୨୦୧୪ କେନ୍ଦ୍ରୀୟ ଆଇନକୁ ବାଲେଶ୍ୱର ପୌର ଓ ଜିଲ୍ଲା ପ୍ରଶାସନ ବାରମ୍ବାର ଉଲଙ୍ଘନ କରି ଏହି ବର୍ଗର ମଣିଷଙ୍କ ଜୀବନ ଧାରଣ ଦୁର୍ବିସ କରାଇଲେଣି । ପୌର ଓ ଜିଲ୍ଲା ପ୍ରଶାସନ ବାରମ୍ବାର ଉଚ୍ଛେଦ କରି ପଥ ବିକ୍ରେତା ବୃଦ୍ଧି ଥିବା ସହ ସହ ପଥ ବିକ୍ରେତାଙ୍କ ଆଇନ ଗତ ସାମ୍ବିଧାନିକ ଅଧିକାରକୁ ଛଡ଼ାଇ ନେଇ ବାରମ୍ବାର ଅନ୍ୟାୟ କରିଚାଲିଛନ୍ତି । ଏହି ପରି ରାୟ ଶାସନ ବନ୍ଦ କରି ଉଠା ଦାକାନିଙ୍କୁ ସାମ୍ବିଧାନିକ ସାମାଜିକ ନ୍ୟାୟ ପ୍ରଦାନ କରିବା ନିମନ୍ତେ ଦାବି କରିଛନ୍ତି। ଓଟି ରୋଡ଼ରେ ୨ ଟିକିଆ ରାସ୍ତାର ପିଚୁ ରାସ୍ତା ଶେଷ ଠାରୁ ସାଢ଼େ ୪ ମିଟର ଭିତରେ କୌଣସି ଦୋକାନି ରହି ପାରିବେ ନାହିଁ ବୋଲି ପୌର କାର୍ଯ୍ୟ ନିର୍ବାହି ଅଧକାରୀ ପଥ ବିକ୍ରେତା ସଂଘ କର୍ମକର୍ତ୍ତା ମାନଙ୍କୁ କହିବା ପରେ ପଥ ବିକ୍ରେତା ମାନେ ସେହି ଦିନ ବାହାରକୁ ଉଠାଇ ନେଇଥିଲେ । ରାସ୍ତାର ୨ ପାଶ୍ୱରେ କୌଣସି ଦୋକାନି ରହି ପାରିବେ ନାହିଁ ବୋଲି ଆରଏନବି ସଂସ୍ଥା କର୍ମଚାରୀ ମାନେ ସେଠାରେ ପଥ ବିକ୍ରେତା ମାନଙ୍କୁ ଭୟବିତ କରାଉଛନ୍ତି ।

## ଡିଏସ୍‌ପି ଏମଏଫ ଉନ୍ମୋଚନ କଲା 'ଭିଜନ'

ଭୁବନେଶ୍ୱର (ପିଏନ): ବ୍ୟବସାୟର ଭବିଷ୍ୟତ ସମ୍ପର୍କରେ ଦୂରଦୃଷ୍ଟି ପୋଷଣ କରିବାକୁ ଡିଏସ୍‌ପି ମ୍ୟୁଚୁଆଲ ଫଣ୍ଡ୍ 'ଭିଜନ ୨୦/୨୦' ଶୀର୍ଷକରେ ଏକ ଆକଳନ ବିଚାରାଧାରାକୁ ଉପସ୍ଥାପନ କରୁଛି । ଡାକ୍ତରୀ ଶାସ୍ତ୍ରରେ ୨୦/୨୦ ଦୃଷ୍ଟିଶକ୍ତିର ତୀକ୍ଷ୍ଣ ଅବସ୍ଥା ସମ୍ପର୍କରେ ସୂଚିତ କରୁଛି । ଡିଏସ୍‌ପି ଏମଏଫ ନିବେଶକ ଅଥବା ସମ୍ଭାବ୍ୟ ନିବେଶକ ବ୍ୟବସାୟ ସଂସ୍ଥାଗୁଡିକର ଭବିଷ୍ୟତ ସମ୍ପର୍କରେ ଆକଳନ କରିବା ସମୟରେ ତାହାକୁ ଉଚ୍ଚ ଦୃଶ୍ୟମାନ, ମଧ୍ୟମ ଦୃଶ୍ୟମାନ ଏବଂ ନିମ୍ନ ଦୃଶ୍ୟମାନ ବ୍ୟବସାୟ ସଂସ୍ଥା ଭାବରେ ପୃଥକ କରି ତିନିଟି ଲେନ୍‌ସର ଉପଯୋଗ କରିଛି । ଏହି ଆକଳନରେ କୁହାଯାଇଛି ଯେ ମଧ୍ୟମରୁ ଉଚ୍ଚ ଆୟକାରୀ ବର୍ଗ ଉବେର / ଓଲା ସେବା ବ୍ୟବହାର କରିବା ପରିବର୍ତ୍ତେ ବ୍ୟକ୍ତିଗତ କାର୍ ଅଥବା ଦୁଇଚକିଆ ଗାଡି ଖରିଦ କରିବାକୁ ପସନ୍ଦ କରିବେ । ସମ୍ପ୍ରତି କମ୍ ବ୍ୟୟସାପେକ୍ଷ ଏବଂ ବଜାରରେ ଚାହିଦା ଥିବା ବ୍ୟବହୃତ (ସେକେଣ୍ଡ ହ୍ୟାଣ୍ଡ) ଗାଡିଗୁଡିକର ଚାହିଦା ବୃଦ୍ଧିପାଇଛି । ଅନୁରୂପ ଭାବେ ଏକାଧିକ ସପିଂ ଆପ୍ଲିକେସନ ଜରିଆରେ ଜନସାଧାରଣ ଅନ୍‌ଲାଇନରେ କିଣାକିଣି କରୁଛନ୍ତି ଏବଂ ଅନ୍‌ଲାଇନ ସ୍ୱାସ୍ଥ୍ୟଯତ୍ନ ତଥା ଔଷଧ ଆଦିର ଚାହିଦା ବିପୁଳ ବୃଦ୍ଧି ଘଟିଛି । ଦରିଦ୍ର ଲୋକଙ୍କ ପାଇଁ ସରକାର ଉନ୍ନତ ଜୀବନ ନିର୍ବାହ ପରିବେଶ ଯୋଗାଇବା ଉପରେ ଗୁରୁତ୍ୱ ଦେବା ସମ୍ଭାବନା ଥିବାରୁ ସୁଲଭ ମୂଲ୍ୟ ବାସଗୃହ ନିର୍ମାଣ ମଧ୍ୟ ତ୍ୱରାନ୍ୱିତ ହୋଇପାରେ । ଅନ୍ୟପକ୍ଷରେ ୱାର୍କ ଫ୍ରମ ହୋମ୍ (ଘରେ ରହି ଅଫିସ କାମ କରିବା) ବ୍ୟବସ୍ଥା ଦ୍ୱାରା ଘରଭଡା ବ୍ୟବସାୟ ପ୍ରଭାବିତ ହୋଇପାରେ ଏବଂ ସେହି ସମୟରେ ଇଈକ୍ଷଦ୍ବ;ରନେଟ୍ କାରବାର ବ୍ୟାପକ ହେବ ଏବଂ ଏହାଦ୍ୱାରା ଦୂରସଂଚାର କମ୍ପାନୀଗୁଡିକ ଫାଇଦା ପାଇବେ । ଏଭଳି ପରିସ୍ଥିତିରେ ପ୍ୟାକେଟରେ ଆସୁଥିବା ପ୍ରସ୍ତୁତ ଖାଦ୍ୟର ଚାହିଦା ବୃଦ୍ଧିପାଇବ। ରପ୍ତାନିଭିତ୍ତିକ ଔଷଧୀୟ କମ୍ପାନୀଗୁଡିକ ମଧ୍ୟ 'ଆତ୍ମନିର୍ଭର ଭାରତ' ବିଷୟରୁ ସୁଯୋଗ ନେବାକୁ ଉତ୍ତମ ସ୍ଥିତିରେ ଅଛନ୍ତି । ହ୍ୟାଣ୍ଡ ସାନିଟାଇଜର, ହ୍ୟାଣ୍ଡ ୱାଶ୍ ଭଳି ସାମଗ୍ରୀର କାରବାର ୧୦ହଜାର ଗୁଣ ବୃଦ୍ଧିପାଇଛି । ଅନ୍ୟପକ୍ଷରେ ସାମାଜିକ ନିରାପତ୍ତା ବ୍ୟବସ୍ଥାର ଅଭାବ ଏବଂ ବ୍ୟୟବହୁଳ ସ୍ୱାସ୍ଥ୍ୟଯତ୍ନ ସହିତ ଭାରତରେ ସୁରକ୍ଷା ପ୍ରଦାନକାରୀ ପଲିସୀର ଖୁବ କମ୍ କାରବାର ଯୋଗୁଁ ଉଭୟ ସ୍ୱାସ୍ଥ୍ୟ ଓ ଟର୍ମଲାଇଫ ଇନସ୍ୟୁରାନ୍ସ ଚାହିଦା ବୃଦ୍ଧି ପାଇପାରେ । ଏହାକୁ ଡିଏସ୍‌ପି ଏମଏଫ ଭିଜନ ୧୫/୨୦ ବର୍ଗରେ ସ୍ଥାନିତ କରିଛି । ବେତନ କାଟ ଏବଂ ଚାକିରୀ ଛଟେଇ ଭଳି ଜଟିଳ ସମୟରେ ସାଧାରଣ ଜନତାଙ୍କ ଦ୍ୱାରା ଆଦୃତ ହେଉଥିବା ବ୍ରାଣ୍ଡ୍‌ଗୁଡିକ ପ୍ରିମିୟମ ବ୍ରାଣ୍ଡଗୁଡିକୁ ପଛରେ ପକାଇଦେବା ଆଶାକରାଯାଉଛି, କାରଣ ଗ୍ରାହକମାନେ ମୂଲ୍ୟପ୍ରତି ସଚେତନ ହୋଇ କିଣାକିଣି କରିବା ଆରମ୍ଭ କରିଛନ୍ତି । ପ୍ରାଥମିକ ସମୟରେ ଅସାଧୁ ମହଜୁଦ କାରଣରୁ ଉପଭୋକ୍ତାଙ୍କ ଦ୍ୱାରା ମୁଖ୍ୟ ଖାଦ୍ୟସାମଗ୍ରୀ ବିପୁଳ ପରିମାଣରେ କିଣାକିଣି କରାଯିବା ପରିଲକ୍ଷିତ ହୋଇଛି ଏବଂ ଏ କ୍ଷେତ୍ରରେ ଦୀର୍ଘସୂତ୍ରୀ ଅଭିବୃଦ୍ଧି ଅପରିବର୍ତ୍ତିତ ରହିବା ମନେ କରାଯାଉଛି । ସ୍ୱାସ୍ଥ୍ୟରକ୍ଷା ଉତ୍ପାଦଗୁଡିକର ସୀମିତ ବ୍ୟବହାର ଏବଂ ଟୁଥପେଷ୍ଟ, ଫେସୱାଶ୍, ସାମ୍ପୁ ଭଳି ଅନ୍ୟ ସ୍ୱାସ୍ଥ୍ୟରକ୍ଷା ବର୍ଗର ଉତ୍ପାଦଗୁଡିକରେ ସେଭଳି ବୃଦ୍ଧି ଲକ୍ଷ୍ୟ କରାଯାଇନାହିଁ । ପ୍ୟାକେଟରେ ଆସୁଥବା ଖାଦ୍ୟସାମଗ୍ରୀ ଚାହିଦା ଆଶାତୀତ ବୃଦ୍ଧିଘଟିଛି ଏବଂ ନିକଟରେ ଜଣେ ବିସ୍କୁଟ ଉତ୍ପାଦନକାରୀଙ୍କ କହିବା ଅନୁଯାୟୀ ସେମାନେ ଅଶୀବର୍ଷ ମଧ୍ୟରେ ଯେତିକି ବ୍ୟବସାୟ କରିନଥିଲେ ତାହା ଚଳିତ ମାସଗୁଡିକରେ କରିଛନ୍ତି । ତେବେ ଏହି ଧାରା ଜାରି ରହିବ ବୋଲି ଆମେ ମନେକରିପାରିବା ନାହିଁ । ଡିଏସ୍‌ପି ଏମଏଫର ଭିଜନ ୧୦/ ୨୦ ବର୍ଗରେ ଏହା ସ୍ଥାନ ପାଇଛି । ସାମ୍ପ୍ରତିକ ସ୍ଥିତିରେ ଲୋକେ ବାହାରେ ଖାଇବା ବନ୍ଦ କରିଦେଇଛନ୍ତି । ମହାମାରୀ ସମୟରେ ଅନ୍‌ଲାଇନ ସାମଗ୍ରୀ ଯୋଗାଣ ଗୁରୁତର ପ୍ରଭାବିତ ହୋଇଥିଲା ଏବଂ ଏହିସବୁ ରୋଷଶାଳା ବନ୍ଦ ହୋଇଯାଇଥିଲା । ଖୁଚୁରା ବ୍ୟବସାୟ ମଧ୍ୟ ପ୍ରଭାବିତ ହୋଇଥିଲା, ଯଦିଓ ସମ୍ପ୍ରତି ଏଥିରେ ପୁନରୁଦ୍ଧାର ଘଟିବାର କେତେକ ସୂଚନା ମିଳୁଛି । ତେଣୁ ଏହି ଶ୍ରେଣୀଗୁଡିକ ପୂର୍ବ ଅବସ୍ଥାକୁ ଫେରିବା ନିମନ୍ତେ କିଛି ସମୟ ଲାଗିବ ଏବଂ ଉପଭୋକ୍ତାଙ୍କର ବିଶ୍ୱାସ ଫେରାଇ ଆଣିବା ସହିତ ସେମାନଙ୍କ ଆସ୍ଥା ଜିତିବା ଏ କ୍ଷେତ୍ରରେ ଗୁରୁତ୍ୱପୂର୍ଣ୍ଣ ହେବ । ତତ୍‌ସହିତ ସମ୍ପ୍ରତି ଚଳଚ୍ଚିତ୍ରଗୁଡିକ ଅନ୍‌ଲାଇନ ପ୍ଲାଟଫର୍ମରେ ମୁକ୍ତିଲାଭ କରୁଥିବାରୁ ମଲ୍‌ଟିପ୍ଲେକ୍ସଗୁଡିକ ପ୍ରଭାବିତ ହେବ । ବିମାନରେ ଆବଦ୍ଧ ପରିବେଶ ସହିତ ଯାତ୍ରୀମାନେ ପାଖାପାଖି ବସୁଥିବାରୁ ନିୟମିତ ଯାତ୍ରୀବାହୀ ବିମାନ ଚଳାଚଳ ସ୍ୱାଭାବିକ ହେବାକୁ ଆଉ କିଛିଦିନ ଲାଗିପାରେ । କୋଭିଡ ଓ ଅଣ କୋଭିଡ ଚିକିତ୍ସା ନିମନ୍ତେ ରାଜ୍ୟ ସରକାରମାନେ ମୂଲ୍ୟ ସ୍ଥିର କରୁଥିବାରୁ ହସପିଟାଲଗୁଡିକରେ ଘରୋଇ ନିବେଶ ପ୍ରଭାବିତ ହୋଇପାରେ ବୋଲି କୁହାଯାଇଛି । ବ୍ୟାଙ୍କଗୁଡିକ ମଧ୍ୟ ମୋରାଟୋରିୟମକୁ ନେଇ ଆଗକୁ ବଢିବା ସମ୍ପର୍କରେ ଶିକ୍ଷାଲାଭ କରୁଛନ୍ତି ଏବଂ ଏହାଦ୍ୱାରା କେତେ ପ୍ରତିଶତ ଅର୍ଥ ପୁନର୍ଗଠନ କରାଯିବ, ତାହା ଦେଖିବାକୁ ବାକି ରହିଛି । ଏହା ଭିଜନ ୫/୨୦ରେ ସ୍ଥାନିତ ହୋଇଛି । ଡିଏସ୍‌ପିର ପୋର୍ଟଫୋଲିଓର ମୁଖ୍ୟଭାଗ ଉଚ୍ଚ ଏବଂ ନିମ୍ନ ଦୃଶ୍ୟମାନ କ୍ଷେତ୍ରରେ ଥିବା କମ୍ପାନୀଗୁଡିକୁ ନେଇ ପ୍ରସ୍ତୁତ । ଡିଏସ୍‌ପି ଏମଏଫ୍‌ର ବିଶ୍ୱାସ ଯେ କମ୍ ପରିମାଣର ଋଣ ସହିତ ଅଧିକ ଅର୍ଥ ପ୍ରବାହ ବ୍ୟବସ୍ଥା ସୃଷ୍ଟି ଦୀର୍ଘସୂତ୍ରୀ ଆକାରରେ ଉତ୍ତମ ଭାବେ କାର୍ଯ୍ୟ କରିଥାଏ ଏବଂ ଆମେ ସମ୍ପ୍ରତି ଯାହା ଦେଖୁଛୁ ସଙ୍କଟ ସମୟରେ ଏହା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ବିବେଚିତ ହୁଏ । ମାତ୍ରାଧିକ ଋଣକୁ ନେଇ ଭାରାକ୍ରାନ୍ତ ଅଥବା ସ୍ୱଳ୍ପ ଅର୍ଥ ପ୍ରବାହ ବ୍ୟବସ୍ଥା ଥିବା କମ୍ପାନୀଗୁଡିକ ହୁଏତ ସଫଳତାର ସହିତ ପ୍ରତିଦ୍ୱନ୍ଦ୍ୱିତା କରିବା ନେଇ ସମସ୍ୟାର ସମ୍ମୁଖୀନ ହୋଇପାରନ୍ତି । ଗୋଟିଏ କମ୍ପାନୀ ମୂଳଧନକୁ କେତେ ଦକ୍ଷ ଭାବରେ ନିବେଶ କରିପାରୁଛି ଏବଂ ପୁଞ୍ଜି ଦକ୍ଷତାଭିତ୍ତିକ ବ୍ୟବସାୟକୁ ପସନ୍ଦ କରୁଛି, ତାହା ଉପରେ ସମ୍ପତ୍ତି ସୃଷ୍ଟି ନିର୍ଭର କରେ ବୋଲି ଡିଏସ୍‌ପିର ବିଶ୍ୱାସ । ଏହା ଏକଥା ମଧ୍ୟ କହିଛି ଯେ ସାମ୍ପ୍ରତିକ ପରିବେଶ ଅନିଶ୍ଚିତ ଏବଂ ଅସ୍ଥିର ଅବସ୍ଥାରେ ରହିଛି । ବର୍ତ୍ତମାନ ସମୟରେ ଘଟୁଥିବା ପରିବର୍ତ୍ତନ ଉପଭୋକ୍ତାଙ୍କ ଆଚରଣରେ ପରିବର୍ତ୍ତନ ଆଣିବ । ତେଣୁ ଏହାକୁ ନେଇ ଡିଏସ୍‌ପି ଏମଏଫ ଉଲ୍ଲସିତ ଥିଲେ ମଧ୍ୟ ଭବିଷ୍ୟତ ପ୍ରତି ସଜାଗ ଦୃଷ୍ଟି ରଖିଛି ।




2024-2025

ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2024

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada




# ଅସାମ୍ବିଧାନିକ ଉପାୟରେ ଜିଗ୍ନେସ୍ ମେଓ୍ୱାନିଙ୍କୁ ଗିରଫ କରିବା ନିନ୍ଦନୀୟ

ଭୁବନେଶ୍ୱର (ପିଏନ୍): ଜିଗ୍ନେସ ମେଓ୍ୱାନିଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫର ପ୍ରତିବାଦ ଓ ତୁରନ୍ତ ଖଲାସ ଦାବିରେ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ଅଧ୍ୟକ୍ଷ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ମାନ୍ୟବର ରାଜ୍ୟପାଳଙ୍କୁ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଅଛି । ଶ୍ରୀଯୁକ୍ତ ଜିଗ୍ନେସ ମେଓ୍ୱାନି ଜଣେ ଦକ୍ଷ, ବିଶିଷ୍ଟ ଦଳିତ ନେତା ଓ ବିଧାୟକ ବାଗାଦାମ ବିଧାନସଭା ନିର୍ବାଚନ ମଣ୍ଡଳି (ଗୁଜରାଟ) ଗତ.୨୧.୦୪.୨୦୨୨ତାରିଖ ମଧ୍ୟରାତ୍ରିରେ ଗୁଜୁରାଟର ପାଲାନପୁର ସର୍କିଟ୍ ହାଉସ୍‌ରୁ ଆସାମ ପୋଲିସ୍ ଗିରଫ କରିଛନ୍ତି ବୋଲି ଆମ୍ଭ ନଜରକୁ ଆସିଛି । ନିକଟରେ ବିଜେପି ନେତା ଓ କେନ୍ଦ୍ର ଗୃହମନ୍ତ୍ରୀ ଅମିତ ଶାହ ଅଭିଯୋଗ କରିଛନ୍ତି ଯେ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଜିଗ୍ନେସ ମେଓ୍ୱାନି କରିଥିବା ଟ୍ୱିଟ୍ ଏକ ଅବାସ୍ତବ । ଆସାମର କୋକ୍ରୋଟର ଜିଲ୍ଲାର ଏକ ବିଜେପି ନେତା ଅରୁପ କୁମାର ଦେଙ୍କ ଅଭିଯୋଗ କ୍ରମରେ ଦର୍ଶାଇଛନ୍ତି ଯେ ଜିଗ୍ନେସ ମେଓ୍ୱାନିଙ୍କ ଟ୍ୱିଟ୍‌ଟି କିଛି ଗୋଷ୍ଠୀର ଜନସାଧାରଣଙ୍କ ମଧ୍ୟରେ ଉତେଜନା ସୃଷ୍ଟି କରିବ ଓ ସଂହତିରେ ବାଧା ସୃଷ୍ଟି କରିବ । ଜଣେ ବିଜେପି କର୍ମୀଙ୍କ ଅଭିଯୋଗ କ୍ରମେ ଜଣେ ନିର୍ବାଚିତ ଜନପ୍ରତିନିଧିଙ୍କୁ ଏଭଳି ଭାବରେ ଗିରଫ କରାଯିବା, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଏକ ଟ୍ୱିଟ୍‌କୁ ନେଇ ଆସାମ ମୁଖ୍ୟମନ୍ତ୍ରୀ ହେମନ୍ତ ବିଶ୍ୱକର୍ମାଙ୍କର ସରକାର ଏକ ଭୀରୁ ଏବଂ ପ୍ରତିଶୋଧପରାୟଣ, ବିଜେପି ସରକାର ବୋଲି ମନେହୁଏ । କେହିବି ଦଳିତ, ଆଦିବାସୀ ଓ ବଂଚିତ ବର୍ଗ ପାଇଁ ସ୍ୱର ଉଠାଇଲେ ବିଜେପି ସରକାର ତାଙ୍କର ପ୍ରତିଶୋଧପରାୟଣ ରୂପ ଦେଖାଇଥାନ୍ତି । ନିକଟରେ ଗୁଜରାଟ ପ୍ରଦେଶର ବିଧାନ ସଭା ନିର୍ବାଚନ ପାଖେଇ ଆସୁଥିବାରୁ କେନ୍ଦ୍ର ବିଜେପି ସରକାର, ଗ୍ୟାସ୍, ପେଟ୍ରୋଲ୍, ଡିଜେଲ୍, ସି.ଏନ୍.ଜି. ଓ ଅତ୍ୟାବଶକୀୟ ଦ୍ରବ୍ୟର ଅହେତୁକ ମୂଲ୍ୟ ବୃଦ୍ଧି ଉପରୁ ଜନସାଧାରଣଙ୍କ ନଜର ହଟାଇବା ଓ କୋଭିଡ୍ ମୃତ୍ୟୁକୁ ନିୟନ୍ତ୍ରଣ କରିବାରେ ଗୁଜରାଟ ସରକାର ବିଫଳ ଇତ୍ୟାଦିରୁ ନିଜର ବଦନାମକୁ ଲୁଚାଇବା ପାଇଁ କ୍ଷମତାର ଅପବ୍ୟବହାର କରି ଏ ସବୁ ହୀନ ଚକ୍ରାନ୍ତ କରୁଛନ୍ତି । ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଜିଗ୍ନେସଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫ କରାଯାଇଥିବାରୁ ଏ ଘଟଣାର ତିବ୍ର ନିନ୍ଦା କରାଯିବା ସହିତ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି, ଗୃହମନ୍ତ୍ରୀ ଅମିତ ଶାହ, ଓ ଆସାମ ମୁଖ୍ୟମନ୍ତ୍ରୀ ହେମ˚ ବିଶ୍ୱଶର୍ମା, ଜିଗ୍ନେସଙ୍କୁ ଲିଖିତ ଆକାରେ କ୍ଷମା ମାଗିବା ସହିତ ତାଙ୍କୁ ଖଲାସ କରି, ତାଙ୍କର ଗୁଜରାଟ ପ୍ରଦେଶର ଗୃହକୁ ପଠାଇବାର ସୁବନ୍ଦୋବସ୍ତ କରିବା ପାଇଁ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଦାବ କରାଯାଇଅଛି । ଅଖିଳ ଭାରତୀୟ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗର ଓ ରାଜ୍ୟ ଅଧ୍ୟକ୍ଷ ଶ୍ରୀ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଏହି ପ୍ରତିନିଧି ମଣ୍ଡଳୀରେ କଂଗ୍ରେସ ଅନୁସୂଚିତ ଜାତି ବିଭାଗର କର୍ମକର୍ତା ସନ୍ତୋଷ କୁମ୍ଭାର, ମାନସ ମଲ୍ଲିକ,ଜାନକି ମଲ୍ଲିକ, ତାପସ ସେଠି ଓ ଜୟନ୍ତ କୁମାର ଭୋଇ ପ୍ରମୁଖ ମାନ୍ୟବର ରାଜ୍ୟପାଳଙ୍କୁ ସ୍ମାରକପତ୍ର ପ୍ରଦାନ କରିଥିଲେ ।

# ଲେଖକ ସମବାୟ ସମିତିର ରାଜ୍ୟସ୍ତରୀୟ କବିତା ପାଠ

ଆନନ୍ଦପୁର (ପିଏନ୍): ଆନନ୍ଦପୁର ଲେଖକ ସମବାୟ ସମିତିର ଦଶମ ବାର୍ଷିକ ସାରସ୍ୱତ ସମାରୋହ ଅବସରରେ ଏକ କବିତା ପାଠ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । ଏହି ସମାରୋହର ପ୍ରଥର ପର୍ଯ୍ୟାୟରେ ଅନୁଷ୍ଠିତ ଆସରକୁ ଓଡିଶା ସଙ୍ଗୀତ ନାଟକ ଏକାଡେମୀ ପୁରସ୍କାରପ୍ରାପ୍ତ ପାଲାକାର ଗୋବିନ୍ଦ ଚନ୍ଦ୍ର ପାଣିଗ୍ରାହୀ ପ୍ରଦୀପ ପ୍ରଜ୍ୱଳନ କରି ଉଦ୍‌ଘାଟନ କରିଥିଲେ । ମ ।ସୀନ ଅତିଥି ମାନଙ୍କ ମଧ୍ୟରେ ଅନ୍ୱେସା ସାହିତ୍ୟ ସଂସଦର ସଭାପତି ସୁରେନ୍ଦ୍ର କୁମାର ବେହେରା, କୁଶଳେଶ୍ୱର ସାହିତ୍ୟ ସଂସଦର ଉପସଭାପତି ମଙ୍ଗୁଳି ଚରଣ ପୃଷ୍ଟି, ସମ୍ବାଦ ସାହିତ୍ୟ ଘର ହାଟଡିହୀର ସଭାପତି ଅନ୍ତର୍ଯ୍ୟାମୀ ରାଉତ ଏବଂ ବଉଳା ସାହିତ୍ୟ ସଂସଦର କର୍ମକର୍ତ୍ତା ଅଧ୍ୟାପକ ସୁବାସ ପାତ୍ର, ଶ୍ରୀକାନ୍ତ ପଟ୍ଟନାୟକ ପ୍ରମୁଖ ଯୋଗଦେଇ ସାହିତ୍ୟରେ କବିତାର ଭୂମିକା ସମ୍ପର୍କରେ ଆଲୋକପାତ କରିଥିଲେ । ରତ୍ନାକର ଦାସଙ୍କ ସଂଯୋଜନାରେ ଆୟୋଜିତ ଏହି ଭବ୍ୟ କବିତା ପାଠରେ ଯାଜପୁର, ଭଦ୍ରକ, କଟକ, ବାଲେଶ୍ୱର ଓ ମୟୁରଭଂଜ ଅଂଚଳର କବିମାନେ ସେମାନଙ୍କର ସ୍ୱରଚିତ କବିତା ଆବୃତି କରିଥିଲେ । ଆନନ୍ଦପୁର ଅଂଚଳର କବିମାନଙ୍କ ମଧ୍ୟରେ ଧୂମକେତୁ ଦାସ, ଅର୍ଜୁନ ବେହେରା, ମୁରଲୀଧର ବେହେରା, ଉମାକାନ୍ତ ଜେନା, ନରହରି ରାଉତ, ବନମାଳୀ ଜେନା, ଅଭୟ ସାମଲ, ବାମନ ବେହେରା, ସୁଦାମ ଚରଣ ଜେନା, ସୁରେନ୍ଦ୍ର କୁମାର ପରିଡା, ଦଶରଥ ସାହୁ, ରାମଚନ୍ଦ୍ର ଜେନା, ନିରନ ସାହୁ, ଗୋବର୍ଦ୍ଧନ ନାୟକ, ତ୍ରୈଲୋଚନ ସାହୁ, ଜ୍ୟୋତ୍ସ୍ନା ଦାସ, ମାଳତୀ ପଣ୍ଡା, କୀର୍ତ୍ତନ ସାହୁ, ରଘୁନାଥ ପଣ୍ଡିତ ପ୍ରମୁଖ କବିମାନେ କବିତା ଆବୃତ୍ତି କରିଥିଲେ । ପ୍ରଥମରେ ଛାତ୍ରୀ ସୁଦେସ୍ନା ସାହୁ ଆବାହନୀ ସଙ୍ଗୀତ ଗାନ କରିଥିଲେ ଓ ଅନୀଲ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ ।

# ରାଉରକେଲା ସ୍ୱରେଜ୍ ପ୍ରକଳ୍ପରେ ଦୁର୍ନୀତି ଓ ଅନିୟମିତତା ନେଇ ଏଡିଏମ୍‌ଙ୍କୁ ସାକ୍ଷାତ କଲା ଜିଲ୍ଲା କଂଗ୍ରେସ

ରାଉରକେଲା (ପିଏନ୍): ରାଉରକେଲା ସ୍ୱରେଜ୍ ପ୍ଲାଣ୍ଟ ପ୍ରକଳ୍ପରେ ହୋଇଥିବା ବ୍ୟାପକ ଦୁର୍ନୀତି, ଅନିୟମିତତା ତଥା ବୋର୍ଡ କର୍ତ୍ତୃପକ୍ଷଙ୍କ ତରଫରୁ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀ ବେଆଇନ୍ ଭାବେ ଯୋଗାଇ ଦିଆଯାଉଥିବା ସୁବିଧା ସମ୍ପର୍କରେ ଜିଲ୍ଲା କଂଗ୍ରେସ ତରଫରୁ ରାଉରକେଲା ଅତିରିକ୍ତ ଜିଲ୍ଲାପାଳ ତଥା ମହାନଗର ନିଗମର କମିଶନର ଡ.ଶୁଭଙ୍କର ମହାପାତ୍ରଙ୍କୁ ସାକ୍ଷାତ କରି ସମସ୍ତ ବିଷୟ ଅବଗତ କରାଯାଇଛି । ପ୍ରାୟ ୩୪୮ କୋଟି ଟଙ୍କା ବ୍ୟୟ ମୁରୀରେ ଗତ ୨୦୧୭ ମସିହାରେ ଏହି ପ୍ରକଳ୍ପ କାର୍ଯ୍ୟ ଆରମ୍ଭ କରାଯାଇ ୨୦୨୦ ଜାନୁୟାରୀ ସୁଦ୍ଧା କାର୍ଯ୍ୟ ସାରିବା ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲେ ହେଁ ଅଦ୍ୟାବଧି ତାହା ସମ୍ପୂର୍ଣ୍ଣ ହୋଇ ନାହିଁ । ଯେଉଁ କାର୍ଯ୍ୟ ହାତକୁ ନିଆଯାଇଛି ସେଥିରୁ ବର୍ତ୍ତମାନ ସୁଦ୍ଧା ୨୦ ପ୍ରତିଶତ ବାକି ଥିବାବେଳେ ଯେଉଁ କାମ କରାଯାଇଛି ତାହା ଅତ୍ୟ˚ ନିମ୍ନମାନର ହୋଇଥିବାରୁ ତାହା ସହରବାସୀଙ୍କ ପାଇଁ ସର୍ବଦା ସମସ୍ୟା ସୃଷ୍ଟି କରୁଛି ବୋଲି କଂଗ୍ରେସ ନେତୃବୃନ୍ଦ ଅତିରିକ୍ତ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି । ଏହି ଅବସରରେ ଅତିରିକ୍ତ ଜିଲ୍ଲାପାଳଙ୍କୁ ପ୍ରଦତ୍ତ ଏକ ସ୍ମାରକପତ୍ରରେ କୁହାଯାଇଛି ଯେ, ମୁଖ୍ୟମାର୍ଗର ତାରିଣୀ ମନ୍ଦର ଠାରୁ ରଘୁନାଥପାଲ୍ଲୀ ଥାନା ପର୍ଯ୍ୟ˚ ଓ ଏସ୍‌ଟିଆଇ ଓଭରବ୍ରିଜ ଠାରୁ ବିରଜାପାଲ୍ଲୀ ଓଭର ବ୍ରିଜ୍ ପର୍ଯ୍ୟ˚ ସ୍ୱରେଜ୍ ପାଇପ୍ ବିଛାଯାଇ ନାହିଁ । ସେହିପରି ଛେଣ୍ଡ ଭିଏସ୍‌ଏସ୍ ମାର୍କେଟ ଛକଠାରୁ ବିଏସ୍‌ଏନ୍‌ଏଲ ଛକ ପର୍ଯ୍ୟ˚ ଉଭୟ ପାର୍ଶ୍ୱରେ ମଧ୍ୟ ପାଇପ୍ ବିଛାଯାଇ ନାହିଁ । ମୂଳ ଡ୍ରଇଁରେ ପାଇପ୍ ବିଛାଇବା ବ୍ୟବସ୍ଥା ଥିଲେ ହେଁ କାହିଁକି ଏଠାରେ ପାଇପ୍ ବିଛାଯାଇ ନାହିଁ ଓ ଏ ବାବଦ ଅର୍ଥ କୁଆଡେ ଗଲା ତାହା ଅନୁଧ୍ୟାନ କରିବାକୁ ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସେହିପରି ଯେଉଁ ପାଇପ୍ ବିଛା କାର୍ଯ୍ୟ କରାଯାଇଛି ଏଥିରେ ଆବଶ୍ୟକୀୟ ଗ୍ରାନାଇଟ୍ ପଥର ଚିପ୍‌ସ ଓ ଆବଶ୍ୟକୀୟ ବାଲି ଭର୍ତ୍ତି କରାଯାଇନଥିବାରୁ ବିଭିନ୍ନ ସ୍ଥାନରେ ରାସ୍ତା ଦବିଯାଉଥିବା ଦେଖାଯାଉଛି । ଯାହାର ଉଦାହରଣ ହେଉଛି ଜୋଲ୍ ରୋଡ୍, ଛେଣ୍ଡ ମୁଖ୍ୟମାର୍ଗ, ଆଇଟିଆଇ କଳିଙ୍ଗ ବିହାର ରାସ୍ତା, ବାସ˚ୀ ପାଣି ଟାଙ୍କି ରାସ୍ତା ଇତ୍ୟାଦି । ଅତ୍ୟ˚ ନିମ୍ନମାନର କାର୍ଯ୍ୟ କରାଯାଇ ପାଇପ୍ ଲାଇନର ମେନ୍ ହୋଲ ନିର୍ମାଣ କରାଯାଇଥିବାରୁ ସେଗୁଡିକ କେଉଁଠି ରାସ୍ତା ଉପରେ ତ ଆଉ କେଉଁଠି ରାସ୍ତା ତଳେ ରହିଛି । ଫଳରେ ପ୍ରତିଦିନ ଛୋଟବଡ ଦୁର୍ଘଟଣାର କାରଣ ସାଜୁଛି । ପାଇପ୍ ବିଛା କାର୍ଯ୍ୟ ପରେ ରାସ୍ତା ନିର୍ମାଣ କରି ୫ ବର୍ଷ ପାଇଁ ମରାମତି ଓ ରକ୍ଷଣାବେକ୍ଷଣର ଦାୟିତ୍ୱ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀର ହୋଇଥିବା ବେଳେ ସମ୍ପ୍ରତି ଦବିଯାଉଥିବା ଓ ଭୁଷୁଡି ପଡୁଥିବା ରାସ୍ତାଗୁଡିକୁ କାହିଁକି ଆର୍‌ଏମ୍‌ସି ନିର୍ମାଣ କରୁଛି ବୋଲି ଦଳ ତରଫରୁ ପ୍ରଶ୍ନ କରାଯାଇ ଏହାର ଅନଧ୍ୟାନ କରିବାକୁ ଅତିରିକ୍ତ ଜିଲ୍ଲାପାଳଙ୍କୁ ଅନୁରୋଧ କରାଯାଇଛି । ଛେଣ୍ଡ ବାଗୁଡି ବସ୍ତି ଓ ବ୍ୟାଙ୍କ କଲୋନୀରେ ସ୍ୱରେଜ୍ ପାଇପ୍ ବିଛାଇବା ପାଇଁ ମୂଳ ଡ୍ରଇଁରେ ବ୍ୟବସ୍ଥା ନଥିବା ବେଳେ ଏ ଅ ଳରେ ପ୍ରାୟ ୩୦ ଲକ୍ଷ ଟଙ୍କାର ପାଇପ୍ ବିଛାଯାଇ ପରିତ୍ୟକ୍ତ ଅବସ୍ଥାରେ ଛାଡି ଦିଆଯାଇଛି । ଏହି ପାଇପ୍ ଲାଇନ୍‌କୁ କୌଣସି ମୁଖ୍ୟ ପାଇପ୍ ଲାଇନ୍ ସହିତ ସଂଯୋଗ କରାଯାଇନଥିବାରୁ ଏହି ପାଇପ୍ ବିଛା କାର୍ଯ୍ୟ ନଷ୍ଟ ହେବା ସହିତ ଏ ବାବଦରେ ବୋର୍ଡର ବିପୁଳ ଅର୍ଥ ନଷ୍ଟ ହେବାକୁ ଯାଉଥିବା ଏହାର ଆବଶ୍ୟକୀୟ ଅନୁଧ୍ୟାନ ପାଇଁ ଅନୁରୋଧ କରାଯାଇଛି । ଅପରପକ୍ଷରେ ଉକ୍ତ ଅ ଳରେ ପାଇପ୍ ବିଛା ବାବଦକୁ ଗୁଡାଏ ମିଥ୍ୟା ବିଲ୍ ପ୍ରସ୍ତୁତ କରାଯାଇ ଲକ୍ଷ ଲକ୍ଷ ଟଙ୍କା ଆତ୍ମସାତ୍ କରାଯାଇଥିବା କଂଗ୍ରେସ ତରଫରୁ ଅଭିଯୋଗ କରାଯାଇଛି । ପ୍ରତ୍ୟେକ ବାସଗୃହକୁ ସ୍ୱରେଜ୍ ସଯୋଗୀକରଣ ପାଇଁ ସରକାର କିଛି ନିର୍ଦ୍ଦେଶନାମା ଜାରି କରିନଥିବା ବେଳେ ସ୍ଥାନୀୟ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ତାଙ୍କର କିଛି ପୋଷା ଠିକାଦାର ମାଧ୍ୟମରେ ବେଆଇନ୍ ଭାବେ ସ୍ୱରେଜ୍ ସଂଯୋଗୀକରଣ ପାଇଁ ଘର ପିଛା ୨୫ରୁ ୪୦ ହଜାର ଟଙ୍କା ଆଦାୟ କରୁଛନ୍ତି । ତେଣୁ ଏହା ମଧ୍ୟ ଅନୁଧ୍ୟାନ ସାପେକ୍ଷ ବୋଲି କଂଗ୍ରେସ ତରଫରୁ କୁହାଯାଇଛି । ସେହିପରି ବୋର୍ଡ କର୍ତ୍ତୃପକ୍ଷଙ୍କ ଦ୍ୱାରା ନିର୍ମିତ ସ୍ୱରେଜ୍ ଟ୍ରିଟ୍‌ମେଣ୍ଟ ପ୍ଲାଣ୍ଟ ପରିସରରେ ଏଲ୍‌ଆଣ୍ଡଟି କମ୍ପାନୀ ୨ ବର୍ଷ ହେଲା ନିଜ କାର୍ଯ୍ୟାଳୟ ଚଲାଉଥିବା ବେଳେ ୨ଟି କୋଠାକୁ ତାର କର୍ମଚାରୀଙ୍କ ପାଇଁ ଅତିଥି ଭବନ ଭାବେ ବ୍ୟବହାର କରୁଛ । ଏହାର ଭଡା ବାବଦକୁ ଟଙ୍କାଟିଏ ଏଲ୍‌ଆଣ୍ଡଟି କମ୍ପାନୀର ବିଲ୍‌ରୁ କଟାଯାଉନଥିବା ବେଳେ କୋଠାରେ ପାଣି ଓ ବିଜୁଳି ବିଲ୍ ବାବଦକୁ ମାସିକ ଲକ୍ଷାଧିକ ଟଙ୍କା ବୋର୍ଡ କର୍ତ୍ତୃପକ୍ଷ ଭରଣା କରୁଛନ୍ତି । ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀ ପ୍ରତି କାହିଁକି ଏପରି ଅହେତୁକ ଅନୁକମ୍ପା ପ୍ରଦର୍ଶନ କରି ସରକାରଙ୍କ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହାନୀ କରୁଛନ୍ତି ତାହା ତଦ˚ ସାପେକ୍ଷ ବୋଲି ସ୍ମାରକପତ୍ରରେ କୁହାଯାଇଛି । ତେବେ ସ୍ୱରେଜ୍ ପ୍ରକଳ୍ପର ନିର୍ମାଣ କାର୍ଯ୍ୟ ତଦାରଖ ପାଇଁ ରାଜ୍ୟ ସରକାର ସିଙ୍ଗାପୁରର ମେନ୍‌ହରଡାଟ୍ ପ୍ରାଇଭେଟ୍ କମ୍ପାନୀକୁ ୩୪ କୋଟି ଟଙ୍କାରେ ଚୁକ୍ତିବଦ୍ଧ କରିଥିବା ବେଳେ ଉକ୍ତ ସଂସ୍ଥା କ'ଣ ତଦାରଖ କରି କି ରିପୋର୍ଟ ଦେଇଛି ଓ କେତେ ଅର୍ଥ ସେ ବାବଦରେ ସରକାରଙ୍କ ଠାରୁ ନେଇଛି ତାହା ତଦ˚ ସାପେକ୍ଷ ବୋଲି ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସମ୍ପ୍ରତି କାର୍ଯ୍ୟ ଅଧପ˚ରିଆ ଅବସ୍ଥାରେ ଥିବାବେଳେ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀକୁ କାର୍ଯ୍ୟ ସମ୍ପୂର୍ଣ୍ଣ ହେବାର ପ୍ରମାଣପତ୍ର ଦେବା ପାଇଁ ପ୍ରସ୍ତୁତି ଚଳାଇଛନ୍ତି । ତେଣୁ ଏହି ଘଟଣାରେ ଅତିରିକ୍ତ ଜିଲ୍ଲାପାଳ ହସ୍ତକ୍ଷେପ କରି ସମସ୍ତ କାର୍ଯ୍ୟ ସମ୍ପୂର୍ଣ୍ଣ ନ ହେବା ପର୍ଯ୍ୟ˚ ପ୍ରକଳ୍ପର ହସ୍ତା˚ର ପ୍ରକ୍ରିୟା ବନ୍ଦ ରଖିବାକୁ ସ୍ମାରକପତ୍ରରେ କଂଗ୍ରେସ ତରଫରୁ ଉଲ୍ଲେଖ କରାଯାଇଛି । ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ତଥା ରାଉରକେଲାର ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ବିରେନ ସେନାପତି, ବରିଷ୍ଠ ଉପସଭାପତି ଦେବବ୍ରତ ବିହାରୀ, ଅନ୍ୟତମ ଉପସଭାପତି ସ˚ୋଷ ବିଶ୍ୱାଳ ଓ କୀର୍ତ୍ତନ ଦାସ, ପୂର୍ବତନ କାର୍ଯ୍ୟକାରୀ ସଭାପତି ସବୀର ହୁସେନ, ପୂର୍ବତନ ପିସିସି ସମ୍ପାଦକ ଗଣେଶ ପ୍ରଧାନ, ଲିଗାଲ ସେଲ୍ ଅଧ୍ୟକ୍ଷ ବିସ୍ମୟ ଦାସ, ଅସଙ୍ଗଠିତ ଶ୍ରମିକ କଂଗ୍ରେସ ଅଧ୍ୟକ୍ଷ ନିହାର ଦାସ, ମହିଳା କଂଗ୍ରେସ ସଭାନେତ୍ରୀ ନିରୂପମା ବଳିୟାରସିଂ, ମୁଖପାତ୍ର କୈଳାସ ସାହୁ, ବ୍ଲକ୍ କଂଗ୍ରେସ ସଭାପତି ପ୍ରଦ୍ୟୁମ୍ନ ଷଡଙ୍ଗୀ, ପୂର୍ବତନ ବ୍ଲକ୍ ସଭାପତି ବିନୋଦ ବିହାରୀ ପଟ୍ଟନାୟକ, ଜିଲ୍ଲା କଂଗ୍ରେସ ସାଧାରଣ ସମ୍ପାଦକ ତୁଳସୀ ନାଗ, କାର୍ଯ୍ୟନିର୍ବାହୀ ସଦସ୍ୟ ଭାସ୍କର ଖିଲ୍ଲାର, ଦିଲ୍ଲୀପ ଜେନା, ସେବାଦଳର ବୁଲୁ ଦାସ, ନରେନ୍ଦ୍ର ବର୍ମା ପ୍ରମୁଖ ଉପସ୍ଥିତ ରହି ସ୍ମାରକପତ୍ର ପ୍ରଦାନ ସହିତ ଆଲୋଚନାରେ ଅଂଶଗ୍ରହଣ କରିଥିଲେ ବୋଲି ଦଳ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି ।

# ୱାର୍ଲଡ କ୍ଲାଇମେଟ ଚେଞ୍ଜ ବୋର୍ଡ଼ର ଓଡିଶା ରାଜ୍ୟ ଉପାଧ୍ୟକ୍ଷ ଭାବେ ଡଃ ମନୋଜ ଲେଙ୍କାଙ୍କୁ ନିଯୁକ୍ତି

କଟକ,(ପି.ଏନ): ଖ୍ୟାତନାମା ବାସ୍ତୁବିତ ଡଃ ମନୋଜ ଲେଙ୍କା ଙ୍କୁ ୱାର୍ଲଡ କ୍ଲାଇମେଟ ଚେଞ୍ଜ ଓ ମିଶନ ଗ୍ରୀନ ବୋର୍ଡ଼ ତରଫରୁ ଓଡିଶା ରାଜ୍ୟ ଉପାଧ୍ୟକ୍ଷ ଭାବେ ନିଯୁକ୍ତି ଦିଆଯାଇଛି । ଗତ ସପ୍ତାହ ରେ ଭିଏତନାମ ର ରାଜଧାନୀ ହାନୋଇ ଠାରେ ଉକ୍ତ ସଂସ୍ଥା ଦ୍ୱାରା ସ୍ୱାମୀ ସହଜକ୍ଷନନ୍ଦ ସରସ୍ୱତୀ ଙ୍କ ସଭାପତିତ୍ୱ ରେ ଏକ ଆଲୋଚ଼ନା ଏବଂ ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଥିଲା ।ସେଥିରେ ବିଶ୍ୱର ୩୦ ଟି ଦେଶର ବହୁ ବୈଜ୍ଞାନିକ, ଗବେଷକ ଏବଂ ପରିବେଶବିତ ଯୋଗ ଦେଇ ନିଜ ନିଜ ସନ୍ଦର୍ଭ ପାଠ କରିଥିଲେ । ଉକ୍ତ ସଭାରେ ଡଃ ଲେଙ୍କା ''ଗୋମୂତ୍ର, ଗୋମୟ, ଶଙ୍ଖ ଏବଂ ଜଳ ସରାଂକ୍ଷଣ ର ପ୍ରାଚ଼ୀନ ପଦ୍ଧତି ' ଶୀର୍ଷକ ଏକ ସକ୍ଷରଗର୍ଭକ ରିପୋର୍ଟ ଉପସ୍ଥାପନା କରିଥିଲେ ଯାହା ଉପସ୍ଥିତ ସମସ୍ତ ଅତିଥିମାନଙ୍କ ଦ୍ୱାରା ଉଚ୍ଚ ପ୍ରଶଂସିତ ହୋଇଥିଲା । ଏଥିରେ ଖୁସି ହୋଇ ବୋର୍ଡ ତରଫରୁ ଡଃ ଲେଙ୍କା ଙ୍କୁ ଓଡିଶା ରାଜ୍ୟ ର ଉପାଧ୍ୟକ୍ଷ ଭାବେ ନିଯୁକ୍ତି ଦିଆଯାଇଛି । ଅଧୁନା ଶଙ୍ଖ ଓ ତାଳପତ୍ର ପୋଥି ଉପରେ ନିଜ ଗବେଷଣା ଜାରି ରଖିଥିବା ତଥା ହାପି ଲିଭିଂ ଫାଉଣ୍ଡେସନ ର ପ୍ରତିଷ୍ଠାତା ଡଃ ଲେଙ୍କା ଙ୍କୁ ଏପରି ନିଯୁକ୍ତି ମିଳିଥିବାରୁ ଅଗ୍ରଣୀ ଆଧ୍ୟାତ୍ମିକ ପତ୍ରିକା ' ଦିବ୍ୟାଲୋକ ସନ୍ଧାନେ ' ତରଫରୁ ତାଙ୍କୁ ଶୁଭେଚ୍ଛା ଜ୍ଞାପନ କରାଯାଇଛି । ଉଲ୍ଲେଖଯୋଗ୍ୟ ଯେ ଡଃ ଲେଙ୍କା ପୂର୍ବରୁ ବହୁ ଅନ୍ତର୍ଜାତୀୟ ଜ୍ୟୋତିଷ ଓ ବାସ୍ତୁ ସମ୍ମାନ ରେ ସମ୍ମାନିତ ହୋଇ ସାରିଛନ୍ତି ।

# ଓଡ଼ିଶାରେ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ୍ ଇଣ୍ଡିଆ କେ ବୋଲ୍ ସିଜିନ-୨ ଶୁଭାରମ୍ଭ

ଭୁବନେଶ୍ୱର (ପିଏନ୍): ଯୁବ କଂଗ୍ରେସ ପକ୍ଷରୁ ରାଷ୍ଟ୍ରୀୟ ଓ ରାଜ୍ୟସ୍ତରୀୟ ଯୁବ ପ୍ରବକ୍ତା ସଂଗ୍ରହ ନିମନ୍ତେ ଭୁବନେଶ୍ୱରରେ 'ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨' ଅଭିଯାନ ଶୁଭାରମ୍ଭ ହୋଇଛି । କାର୍ଯ୍ୟକ୍ରମରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସଭାପତି ଡ. ସ୍ମୃତି ରଂଜନ ଲେଙ୍କା, ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ର ଓଡ଼ିଶା ପ୍ରଭାରୀ ନମ୍ରତା ସୋନୀ, ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରବକ୍ତା ତଥା ଓଡ଼ିଶା ସହ ପ୍ରଭାରୀ ଜାବେଦ ଖାନଙ୍କ ସମେତ ଯୁବ କଂଗ୍ରେସର ଅନ୍ୟ ପ୍ରଦେଶ ପଦାଧିକାରୀମାନେ ଉପସ୍ଥିତ ରହି ଅଭିଯାନର ଶୁଭାରମ୍ଭ କରିଥିଲେ ।

ଏହି ଅବସରରେ ପ୍ରଭାରୀ ନମ୍ରତା ସୋନୀ କହିଲେ ଯେ ୟଙ୍ଗ ଇଣ୍ଡିଆ କେ ବୋଲ ହେଉଛି ଏଭଳି ଏକ କାର୍ଯ୍ୟକ୍ରମ, ଯାହା ମାଧ୍ୟମରେ ଯୁବବର୍ଗ ନିଜ ଅଂଚଳଠାରୁ ଆରମ୍ଭ କରି ଜାତୀୟସ୍ତରୀୟ ବିଭିନ୍ନ ପ୍ରସଙ୍ଗ ଉପରେ ନିଜର ଦୃଢ଼ ମତ ଉପସ୍ଥାପନ କରିବାର ସୁଯୋଗ ପାଇପାରିବେ । ଏହି ପ୍ରକ୍ରିୟା ପାଇଁ ଏକ ଗୁଗୁଲ ଫର୍ମ ଜାରି କରାଯାଇଛି, ଯାହାକି ମେ ୩୧ ସୁଦ୍ଧା ପୂରଣ କରାଯାଇପାରିବ । ଦ୍ୱିତୀୟ ପର୍ଯ୍ୟାୟରେ ଏହି ଅଂଶଗ୍ରହଣକାରୀମାନଙ୍କୁ ନେଇ ଜିଲ୍ଲାସ୍ତରରେ ବିଭିନ୍ନ ବକ୍ତୃତା ପ୍ରତିଯୋଗିତା ଆୟୋଜନ କରାଯିବ । ଏଥିରେ କୃତୀ ପ୍ରତିଯୋଗୀ ପରେ ରାଜ୍ୟସ୍ତରୀୟ ଏବଂ ବିଭିନ୍ନ ରାଜ୍ୟରୁ କୃତକାର୍ଯ୍ୟ ହୋଇଥିବା ପ୍ରତିଯୋଗୀ ଜାତୀୟସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ, ଯାହାକି ଆସନ୍ତା ଅକ୍ଟୋବର ମାସରେ ଅନୁଷ୍ଠିତ ହେବ ।

ସହ ପ୍ରଭାରୀ ଜାବେଦ ଖାନ ସୂଚନା ଦେଇ କହିଲେ ଯେ ସାରା ଦେଶରେ ଯୁବ ପ୍ରତିଭା ଓ ସାହସୀ ଯୁବବର୍ଗଙ୍କୁ ଖୋଜି ବାହାର କରିବା ନିମନ୍ତେ ରାହୁଲ ଗାନ୍ଧିଙ୍କ ଅଭିନବ ପରିକଳ୍ପନା ସ୍ୱରୂପ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଛି । ୨୦୨୧ରେ ଭାରତୀୟ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ମାଧ୍ୟମରେ ୨୭ଜଣ ରାଷ୍ଟ୍ରୀୟ ପ୍ରବକ୍ତା ଓ ୨୫୦ରୁ ଉର୍ଦ୍ଧ୍ୱ ପ୍ରଦେଶସ୍ତରୀୟ ପ୍ରବକ୍ତାଙ୍କୁ ଚୟନ କରାଯାଇଥିଲା । ରାହୁଲ ଗାନ୍ଧିଙ୍କ ଏହି ପରିକଳ୍ପନାକୁ ପୁଣି ଥରେ ସାକାର କରିବା ନିମନ୍ତେ ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରଭାରୀ କ୍ରିଷ୍ଣା ଆଲାବାରୁଙ୍କ ମାର୍ଗ ଦର୍ଶନ ତଥା ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ଅଧ୍ୟକ୍ଷ ବି.ଭି ଶ୍ରୀନିବାସଙ୍କ ନେତୃତ୍ୱରେ ଦେଶବ୍ୟାପୀ ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ ଆରମ୍ଭ ହୋଇଛି । ଗତ ୨୬ ମାର୍ଚ୍ଚରୁ ଯୁବ କଂଗ୍ରେସ ରାଷ୍ଟ୍ରୀୟ କାର୍ଯ୍ୟାଳୟଠାରେ ଉଦ୍‌ଘାଟିତ ହୋଇଥିବା ଏହି ଅଭିଯାନ ବିଭିନ୍ନ ରାଜ୍ୟରେ କରାଯାଉଛି । କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସମ୍ପାଦକ ଜ୍ଞାନ ରନ ରାଉତ, ବୀରେନ କୁମାର ଦଳେଇ, ଆଶୁତୋଷ ଲେଙ୍କା, ଶ୍ରୀବତ୍ସ ରଥ, ମନିଷା ଦାଶ ପଟ୍ଟନାୟକ, ରାକେଶ ଦାସ, ରିତୁଲ ମହାରଣା, ସୌମ୍ୟରଂଜନ ମିଶ୍ର, ଅକ୍ଷୟ କୁମାର ମଲ୍ଲ, ହରିଶଙ୍କର ଜେନା ପ୍ରମୁଖ ଉପସ୍ଥିତ ଥିଲେ ।

# ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ

ଖୋର୍ଦ୍ଧା (ପିଏନ)- ଖୋର୍ଦ୍ଧା ଜିଲ୍ଲା ସଦର ମହକୁମାରେ ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ ସଭାପତି ଅଗାଧୁ ସେଠୀଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ ସରକାରଙ୍କ ଶିକ୍ଷା ଓ ଶିକ୍ଷକ ମାରଣ ନୀତିକୁ ତୀବ୍ର ସମାଲୋଚନା କରିବା ସହ ଦୀର୍ଘ ୬ ବର୍ଷ ଧରି ସରକାରଙ୍କ ପକ୍ଷରୁ ଏ ପର୍ଯ୍ୟନ୍ତ ନୂତନ ଶିକ୍ଷକ ନିଯୁକ୍ତି କରି ନାହାନ୍ତି । ଫଳରେ ବହୁ ଶିକ୍ଷକ ପଦବୀ ଖାଲି ପଡିଥିବାବେଳେ ବିଦ୍ୟାଳୟରେ ଶିକ୍ଷାଦାନ ବାଧାପ୍ରାପ୍ତ ହୋଇପଡିଛି । ସରକାରଙ୍କ ତ୍ରୁଟିପୂର୍ଣ୍ଣ ନୀତି ଯୋଗୁଁ ଗୁଣାତ୍ମକ ମାନ ବୃଦ୍ଧି ପାଇନାହିଁ ବୋଲି ସଂଘ ଅଭିଯୋଗ କରିଛି । ତେବେ ଶିକ୍ଷକମାନଙ୍କର ବିଭିନ୍ନ ସମସ୍ୟାରୁ ଶିକ୍ଷା ଅଧିକାରୀମାନେ ସମାଧାନ କରିପାରି ନାହାନ୍ତି । ସମସ୍ତ ଜିଲ୍ଲାର ଶିକ୍ଷକଙ୍କ ପଦୋନ୍ନତି ଦିଆଯାଇଥିବା ବେଳେ ଖୋର୍ଦ୍ଧା ଜିଲ୍ଲାରେ ଲେବୁଲ୫(କ)ରୁ ୫(ଖ)ରୁ ଲେବୁଲ ୪କୁ ପଦୋନ୍ନତି କରାଯାଉନାହିଁ । ଶିକ୍ଷକମାନଙ୍କୁ ନିଜ ବ୍ଲକକୁ ବଦଳି କରିବା, ବେଗୁନିଆ ବ୍ଲକର ଯେଉଁ ଶିକ୍ଷକମାନଙ୍କର ୧୦ ବର୍ଷ ପୂରଣ ହୋଇଛି ସେମାନଙ୍କୁ ଏମଏସପି ସୁବିଧା ଦେବା, ମାସର ପ୍ରଥମ ଦିନର ଦରମା ପ୍ରଦାନ କରିବା ଓ ଶିକ୍ଷକମାନଙ୍କୁ ଡିଆଇସି ପାସ ବୁକ ପ୍ରଦାନ କରାଯାଉ ନଥିବାରୁ ନେତୃବୃନ୍ଦ ଅସନ୍ତୋଷ ପ୍ରକାଶ କରିଥିଲେ ।

# ଓଡିଶାରେ ବିଲାଇଭର ୫ମ ମଲ୍ଟି ବ୍ରାଣ୍ଡ ଷ୍ଟୋର

ଭୁବନେଶ୍ୱର,(ପି.ଏନ): ସାରା ଦେଶରେ ଏହାର ସମ୍ପ୍ରସାରଣ ପ୍ରୟାସ ଜାରି ରଖିଥିବା ବିଲାଇଭ ଭାରତର ଦ୍ରୁତତମ ବୃଦ୍ଧି ପାଉଥିବା ମଲ୍ଟି ବ୍ରାଣ୍ଡ ଇଲେକ୍ଟ୍ରିକ୍ ଯାନ ପ୍ଲାଟଫର୍ମ,ଏହାରପଞ୍ଚମ ମଲ୍ଟି ବ୍ରାଣ୍ଡ ଷ୍ଟୋର ଓଡିଶାର ବ୍ରହ୍ମପୁରରେ ଖୋଲିଛି । ବିଲାଇଭର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ପ୍ରତୀକ ଦାଶଙ୍କ ସହ ଶ୍ରୀ ସ˚ୋଷ କୁମାର ଅଗ୍ରୱାଲ, ଆଶିଷ ଅଗ୍ରୱାଲ ଏବଂ ଷ୍ଟୋର କର୍ମଚାରୀଙ୍କ ଉପସ୍ଥିତିରେ ଏହି ଷ୍ଟୋରକୁ ଉଦଘାଟନ କରିଥିଲେ । ବୈଦୁତିକ ଗତିଶୀଳତା ଏବଂ ଇନ୍ଧନ ମୂଲ୍ୟ ବୃଦ୍ଧିରେ ବିଶ୍ୱ ସଚେତନତା ହେତୁ ଗ୍ରାହକଙ୍କ ଚାହିଦାର ବୃଦ୍ଧିକୁ ନଜରରେ ରଖି ଏହି ଭାରତର ୨୬ ତମ ଇଭି ଷ୍ଟୋରକୁ ଓଡିଶାର ବ୍ରହ୍ମପୁରରେ ଖୋଲାଯାଇଛି । ବିଲାଇଭ ଷ୍ଟୋର ଏକାଧିକ ଇଭି ବ୍ରାଣ୍ଡ, ବିଶେଷଜ୍ଞ ସମର୍ଥନ, ସହଜ ଅର୍ଥ ଏବଂ ରୋମାଞ୍ଚକର ଅଫରରୁ ବିଭିନ୍ନ ପ୍ରକାରର ବୈଦ୍ୟୁତିକ ଯାନ ପ୍ରଦାନ କରେ । ବିଭିନ୍ନ ବୈଦ୍ୟୁତିକ ସ୍କୁଟର, ଚକ, ମୋଟରସାଇକେଲ ଏବଂ ବିତରଣ ଯାନ ପାଇଁ କ୍ରେତାମାନେ ଇଏମଆଇରେ ମାସକୁ ୨,୦୦୦ ରୁ କମ୍ ଚୟନ କରିପାରିବେ । ୨୦ ରୁ ଅଧିକ ଫ୍ରାଞ୍ଚାଇଜ୍ ମାଲିକାନା ଷ୍ଟୋରଗୁଡିକର ଏକ ନେଟୱାର୍କ ସହିତ,ବିଲାଇଭ ୨୫୦୦ ରୁ ଅଧିକ ପରିବାର ଏବଂ ବ୍ୟବସାୟକୁ ବୈଦୁତିକ ଯାନ ମାଧ୍ୟମରେ ସାହାଯ୍ୟ କରିଛି । ଷ୍ଟୋରରେ କିନେଟିକ୍ ଗ୍ରୀନ୍, ହିରୋ ଲେକ୍ଟ୍ରୋ, ଡିଟେଲ, ବ୍ୟାଟ୍‌ରେ, ଜେମୋପାଇ, ଟେଟୋ ଇଲେକ୍ଟ୍ରା, ଇ-ମୋଟୋରଡ ଏବଂ ଅନ୍ୟାନ୍ୟ ବୈଦ୍ୟୁତିକ ଯାନ ପ୍ରଦର୍ଶିତ ହୋଇଛି । ଗ୍ରାହକମାନେ ଷ୍ଟାଇଲିସ୍ ଲୁକ୍ ସହିତ ବହୁ ପ୍ରତୀକ୍ଷିତ ହାଇ ସ୍ପିଡ୍ ଇଭିଗୁଡିକ ମଧ୍ୟରୁ ଗୋଟିଏ ଅନୁଭବ କରିପାରନ୍ତି - ବିଲାଇଭର ମଲ୍ଟି ବ୍ରାଣ୍ଡ ଷ୍ଟୋରରେ ବ୍ୟାଟ୍: ପୁନ ଷ୍ଟୋରୀ । ଏହି ସ୍ମାର୍ଟ ଏବଂ ଅଭିନବ ଇ-ବାଇକ୍ ବ୍ୟାଟ୍‌ରେ ଏହାର ରେ ପ୍ରଥମ ଅଟୋ।ସିଇଓ ତଥା ସହ-ପ୍ରତିଷ୍ଠାତା ସମର ଖୋଲକର କହିଛନ୍ତି ଯେ 'ଓଡିଶାରେ ଭଳି ରାଜ୍ୟରେ ଏକ ନୂତନ ମଲ୍ଟି ବ୍ରାଣ୍ଡ ଅଭିଜ୍ଞତା ଷ୍ଟୋର ସହିତ ଆମର ଉପସ୍ଥିତି ବଢାଇବାକୁ ଆମେ ଉତ୍ସାହିତ । ସତ କହିବାକୁ ଗଲେ, ଆମେ ଓଡିଶାରେ ଏହି ପ୍ରକାରର ଜବରଦସ୍ତ ପ୍ରତିକ୍ରିୟା ପାଇବାକୁ ଆଶା କରିନାହୁଁ; ଆମେ ପ୍ରକୃତରେବ୍ରହ୍ମପୁରର ନୂତନ ଷ୍ଟୋର ଲୋକମାନଙ୍କୁ ଇଲେକ୍ଟ୍ରିକ୍ ଗତିଶୀଳତାପାଇଁ ଇଭିଏସ୍ ଷ୍ଟୋର ହୋମ ଡେମୋକୁ ମଧ୍ୟ ସୁଗମ କରିବ ଏବଂ ଗ୍ରାହକଙ୍କୁ ରୋମାଞ୍ଚକର ଅଫର ଏବଂ ସହଜ ଫାଇନାନ୍ସ ବିକଳ୍ପ ବିଷୟରେ ସୂଚନା ପ୍ରଦାନ କରିବ । 'ଜଳବାୟୁ ପରିବର୍ତ୍ତନ ଚି˚।ଧାରାକୁ ନେଇ ବିଶ୍ୱସ୍ତରୀୟ ସଚେତନତା ସହିତ ବୈଦ୍ୟୁତିକ ଗତିଶୀଳତା ବୃଦ୍ଧି ପାଇଁ ଭାରତର ପ୍ରତିବଦ୍ଧତା ଦ୍ୱାରା ରାଜ୍ୟ ସରକାର ଚଳିତ ବର୍ଷ ପ୍ରାରମ୍ଭରେ ଏହାର ଇଭି ନୀତି ପ୍ରକାଶ କରିଛନ୍ତି ଯାହା ଉଭୟ ବ୍ୟକ୍ତିଗତ ଗତିଶୀଳତା ଏବଂ ସାଧାରଣ ପରିବହନ ବିଭାଗରେ ବୈଦ୍ୟୁତିକ ଯାନ ଗ୍ରହଣକୁ ସମର୍ଥନ କରିବ । ଇଭି ନୀତି ମଧ୍ୟ ସ୍ୱଚ୍ଛ ଶକ୍ତି ଉତ୍ସ ଉପରେ ଧ୍ୟାନ ଦେଇ ଇଲେକ୍ଟ୍ରିକ୍ ଭେଇକିଲ୍ ଚାର୍ଜିଂ ଷ୍ଟେସନ୍ ଏବଂ ବ୍ୟାଟେରୀ ସ୍ୱାପିଂ ଷ୍ଟେସନର ଏକନେଟୱାର୍କ ସୃଷ୍ଟି କରିବାକୁ ସକ୍ଷମ କରିବାକୁ ଚେଷ୍ଟା କରେ ।ଚଳିତ ବର୍ଷ ଫେବୃଆରୀରେ ଘୋଷିତ ହୋଇଥିବା ଇଭି ନୀତି ଅନୁଯାୟୀ ମିଶନ ଶକ୍ତି, ବ୍ୟକ୍ତିବିଶେଷ ତଥା ରାଜ୍ୟ ସରକାରୀ କର୍ମଚାରୀଙ୍କ ପାଇଁ ଓଡିଶା ସରକାର ସ୍ୱତନ୍ତ୍ର ଯୋଜନା ଘୋଷଣା କରିଛନ୍ତି । ବ୍ରହ୍ମପୁରରରେ ଥିବା ବିଲାଇଭ ଷ୍ଟୋରର ଆଶିଷ ଅଗ୍ରୱାଲ ଏହି ଉନ୍ମୋଚନ ସମ୍ପର୍କରେ ସୂଚନା ଦେଇ କହିଛନ୍ତି, 'ଆମେ ବିଲାଇଭ ସହ ସହଭାଗୀ ହୋଇ ଗର୍ବିତ ଏବଂ ଓଡିଶାରେ ବୈଦ୍ୟୁତିକ ଗତିଶୀଳତାକୁ ଉତ୍ସାହିତ କରିବା ଦିଗରେ ଆମର ପ୍ରତିବଦ୍ଧତା ପ୍ରଦର୍ଶନ କରୁଛୁ । ଇଭିଏସ୍ ଶୀଘ୍ର ଜନତାଙ୍କ ମଧ୍ୟରେ ଆକର୍ଷିତ ହେବାରେ ଲାଗିଛି, ସେମାନଙ୍କର କାର୍ଯ୍ୟଦକ୍ଷତା ଏବଂ ନିର୍ଭରଯୋଗ୍ୟତା ଉପରେ ସାମାନ୍ୟ ଆଶଙ୍କା ଅଛି । ଆମେ ଲୋକମାନଙ୍କୁ ଅନୁରୋଧ କରୁଛୁ ଯେ ଆମର ବୈଦ୍ୟୁତିକ ଯାନଗୁଡିକର ପରିସର ଅନୁସନ୍ଧାନ କରିବାକୁ ଏବଂ ଇଲେକ୍ଟ୍ରିକ୍ ଗତିଶୀଳତା କାହିଁକି ଘଣ୍ଟାର ଆବଶ୍ୟକତା ଅଟେ ।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple, Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com

୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

ପର୍ଯ୍ୟବେକ୍ଷକ



# ଧାମନଗର ରେ ସ୍ୱାସ୍ଥ୍ୟସେବା ବିପର୍ଯ୍ୟସ୍ତ ଲୋକେ ହନ୍ତସନ୍ତ




ଧାମନଗର,(ପି.ଏନ):ଧାମନଗର ବ୍ଲକର ୩୧ପଞ୍ଚାୟତ ଓ ଏନ ଏ ସି ଅଞ୍ଚଳର ଜନସାଧାରଣ ଏହି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଉପରେ ନିର୍ଭର କରୁଥିବା ବେଳେ କିନ୍ତୁ ଏଠାରେ ସ୍ୱାସ୍ଥ୍ୟସେବା ବିପର୍ଯ୍ୟସ୍ତ ଲୋକେ ହନ୍ତସନ୍ତ। ଧାମନଗର ବିଧାୟକ ତଥା ମନ୍ତ୍ରୀଙ୍କ ନିଜ ଅଞ୍ଚଳରେ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଯେମିତି ସରକାରଙ୍କର ସାବତ ପୁଅ ଭଳି ମନେହେଉଛି। କାହିଁକି ନା ଏହି ସ୍ୱାସ୍ଥ୍ୟକେନ୍ଦ୍ରକୁ ପ୍ରତ୍ୟେକ ଦିନ ୩୦୦ ରୁ ୪୦୦ ରୋଗୀ ଚିକିତ୍ସା ସୁବିଧା ପାଇଁ ଆସିଥାନ୍ତି। ମାତ୍ର ଉଚିତ୍ ସ୍ୱାସ୍ଥ୍ୟସେବା ସହିତ ଡାକ୍ତର ଓ କର୍ମଚାରୀଙ୍କ ଅଭାବ ଯୋଗୁଁ ରୋଗୀ ମାନେ ଭଦ୍ରକ ଓ କଟକ ଡାକ୍ତରଖାନାକୁ ସ୍ଥାନାନ୍ତରିତ ହେଉଛନ୍ତି। ଆହୁରି ମଧ୍ୟ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ କିଛି କର୍ମଚାରୀ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ଠାରେ ଡେପୁଟେସନରେ କାର୍ଯ୍ୟରତ ଅଛନ୍ତି ବୋଲି ସୂଚନା ମିଳିଛି। ତଥ୍ୟ ଅନୁଯାୟୀ ଧାମନଗର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରଟି ୨୪୮.୨୦ ବର୍ଗ କି.ମି. ବିଶିଷ୍ଟ ମୋଟ ୩୧ଟି ପଞ୍ଚାୟତରେ ୧୫୩ ଗୋଟି ରାଜସ୍ୱ ଗ୍ରାମ ସହିତ ଧାମନଗର ସହରାଞ୍ଚଳ ର ବାସିନ୍ଦା ନିର୍ଭର କରିଥାନ୍ତି। ତନ୍ମଧ୍ୟରୁ ଲୋକସଂଖ୍ୟା ଥିବା ୧୩୫ ଟି ଗାଁ କଲ୍ୟାଣ ସମିତି କାର୍ଯ୍ୟ କରୁଥିବା ବେଳେ ଗୋଟିଏ ଏରିଆ ଡାକ୍ତରଖାନା, ଗୋଟିଏ ସହରାଞ୍ଚଳ ଡାକ୍ତରଖାନା, ୧୧ଟି ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର ଓ ୩୨ ଟି ଉପ ସ୍ୱାସ୍ଥ୍ୟକେନ୍ଦ୍ର ରହିଅଛି। ଆଉ ମଧ୍ୟ ୧୮୫ ଜଣ ଆଶା କର୍ମୀ କାର୍ଯ୍ୟ କରୁଥିବା ବେଳେ ୩୫୩ଟି ଅଙ୍ଗନୱାଡ଼ି କେନ୍ଦ୍ର ମଧ୍ୟ ଜଡ଼ିତ ଅଛି। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଏହି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ୪ଟି ବିଶେଷଜ୍ଞ ମଧ୍ୟରୁ ଶିଶୁ ବିଭାଗ,ସର୍ଜରୀ ବିଭାଗ ଓ ପ୍ରସୂତି ବିଭାଗରେ ବିଶେଷଜ୍ଞ ନଥିବା ବେଳେ ୨୧ଜଣ ଡାକ୍ତରୀ ପଦ ମଧ୍ୟରୁ ୧୭ଟି ପଦବୀ ଖାଲି ପଡ଼ିଛି ଆଉ ମଧ୍ୟ ଗୋଷ୍ଠୀ ଜନସ୍ୱାସ୍ଥ୍ୟ ଅଧିକାରୀ ପଦବୀଟି ଦୀର୍ଘ ବର୍ଷ ହେଲା ଖାଲି ପଡ଼ିଛି। ଏତଦ୍ ବ୍ୟତୀତ ମହିଳା ସ୍ୱାସ୍ଥ୍ୟ କର୍ମୀ ୬, ପୁରୁଷ ସ୍ୱାସ୍ଥ୍ୟ କର୍ମୀ ୧୪, ମହିଳା ସ୍ୱାସ୍ଥ୍ୟ ପରିଦର୍ଶିକା ୨,ପୁରୁଷ ସ୍ୱାସ୍ଥ୍ୟ ପରିଦର୍ଶକ ୩,ଚତୁର୍ଥ ଶ୍ରେଣୀ କର୍ମଚାରୀ ୬ଟି ପଦବୀ ଅଦ୍ୟାବଧି ଖାଲି ପଡ଼ିଛି। ଏଠାରେ ଏତେ ଗୁଡ଼ାଏ ପଦ ଖାଲି ପଡ଼ିଥିବା ସତ୍ତ୍ୱେ ବି ଡ଼ା.ଦେବାଶିଷ ସାହୁ, ମହିଳା ସ୍ୱାସ୍ଥ୍ୟ କର୍ମୀ ସଞ୍ଜୁଲତା ଷଡ଼ଙ୍ଗୀ ପ୍ରଭୃତି ଙ୍କର ବର୍ଷ ବର୍ଷ ଧରି ଧାମନଗର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ନାମ ଥାଇ ମଧ୍ୟ ଜିଲ୍ଲା ସ୍ୱାସ୍ଥ୍ୟ ଅଧିକାରୀଙ୍କୁ ହାତବାରିଶି କରି ନିଜ ସୁବିଧା ମୁତାବକ ଭଦ୍ରକ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ କାର୍ଯ୍ୟ କରି ଚାଲିଛନ୍ତି। ଏହା ଧାମନଗର ବାସୀଙ୍କ ପାଇଁ ଚିନ୍ତାର କାରଣ ପାଲଟିଛି। ଗୋଟିଏ ପଟେ ସରକାରୀ ସ୍ତରରେ ସ୍ୱାସ୍ଥ୍ୟସେବା,ନୂତନ ଗୃହ ନିର୍ମାଣ ଓ ଆଧୁନିକ ଯନ୍ତ୍ରପାତି ବାବଦରେ କୋଟି କୋଟି ଟଙ୍କା ଖର୍ଚ୍ଚ ହେଉଥିବା ବେଳେ ଅପରପକ୍ଷେ ସ୍ୱାସ୍ଥ୍ୟ ବିଭାଗର ସ୍ଥାଣୁତା ଯୋଗୁଁ ଧାମନଗର ବ୍ଲକର ସ୍ୱାସ୍ଥ୍ୟସେବା ଜନତାଙ୍କ ପାଇଁ ମରୀଚିକା ପାଲଟିଛି। ଏଣୁ ଧାମନଗର ନିର୍ବାଚନମଣ୍ଡଳୀର ମାନ୍ୟବର ବିଧାୟକ ତଥା ଓଡ଼ିଶା ସରକାରଙ୍କର ଉଚ୍ଚ ଶିକ୍ଷା,କ୍ରୀଡ଼ା ଓ ଯୁବ ବ୍ୟାପାର ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଏ ଦିଗରେ ସ୍ୱତନ୍ତ୍ର ଦୃଷ୍ଟି ଦେଇ ଯଥାଶୀଘ୍ର ସମସ୍ୟା ସମାଧାନ ପାଇଁ ଦୃଢ଼ ପଦକ୍ଷେପ ନେବାକୁ ସାଧାରଣରେ ଦାବି କରିଛନ୍ତି। ପ୍ରକାଶ ଥାଉକି ଧାମନଗର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀ ଡାକ୍ତର ମନମୟ ସାମନ୍ତସିଂହାର ଏକ ବର୍ଷରୁ ଊର୍ଦ୍ଧ୍ୱ ହେବ କାର୍ଯ୍ୟରତ ଥିବା ବେଳେ ବିଭିନ୍ନ ବ୍ୟକ୍ତିଗତ କ୍ଲିନିକ୍ ରେ ରୋଗୀ ଦେଖୁଛନ୍ତି ଏହାକୁ ନେଇ ଧାମନଗର ଅଞ୍ଚଳରେ ଚର୍ଚ୍ଚାର ବିଷୟ ପାଲଟିଛି। ଏଥିପ୍ରତି ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ ସ୍ୱତନ୍ତ୍ର ଦୃଷ୍ଟି ଦେବାପାଇଁ ସାଧାରଣରେ ଦାବି କରିଛନ୍ତି।

# ତିନି ବିଜେପି ନେତାଙ୍କ ଉପରୁ ଉଠିଲା ନିଲମ୍ବନ

ପାରାଦୀପ,(ପି.ଏନ): ରାଜ୍ୟରେ ଗତ ପୌର ନିର୍ବାଚନ-୨୦୨୨ରେ ଦଳ ବିରୋଧୀ କାର୍ଯ୍ୟ ଅଭିଯୋଗରେ ଭାରତୀୟ ଜନତା ପାର୍ଟି(ବିଜେପି) ପାରାଦୀପର ଚାରି ଜଣ କାର୍ଯ୍ୟକର୍ତ୍ତାଙ୍କୁ ବହିଷ୍କାର କରାଯାଇଥିଲା । ଦଳର ପୂର୍ବତନ ଜିଲ୍ଲା ଉପସଭାପତି ଅଜିତ କୁମାର ଦାସ, ଜିଲ୍ଲା ମହିଳା ମୋର୍ଚ୍ଚା ଉପସଭାନେତ୍ରୀ ଶୈଳେନ୍ଦ୍ରୀ ସେନାପତି, ପୂର୍ବତନ ଜିଲ୍ଲା ସମ୍ପାଦକ ଅରୁଣ କୁମାର ସ୍ୱାଇଁ, ପୂର୍ବତନ ମଣ୍ଡଳ ସଭାପତି କୈଳାଶ ଚନ୍ଦ୍ର ସାହୁଙ୍କୁ ଦଳରୁ ବହିଷ୍କାର କରାଯାଇଥିଲା । ପରବର୍ତ୍ତୀ ସମୟରେ ଏହି ବିଷୟରେ ବହିଷ୍କୃତ ନେତାମାନଙ୍କ ଠାରୁ ରାଜ୍ୟ ଶୃଙ୍ଖଳା କମିଟି ଦ୍ୱାରା ମତାମତ ସଂଗ୍ରହ କରାଯାଇଥିଲା । ରାଜ୍ୟ ଶୃଙ୍ଖଳା କମିଟି ଏହାକୁ ଅନୁଧ୍ୟାନ ପୂର୍ବକ ବିଚାର ଆଲୋଚନା କରାଯିବା ପରେ ଦଳର ରାଜ୍ୟ ସଭାପତି ମନମୋହନ ସାମଲଙ୍କ ଅନୁମୋଦନ କ୍ରମେ ଜିଲ୍ଲା ମହିଳା ମୋର୍ଚ୍ଚା ଉପସଭାନେତ୍ରୀ ଶୈଳେନ୍ଦ୍ରୀ ସେନାପତି, ପୂର୍ବତନ ଜିଲ୍ଲା ସମ୍ପାଦକ ଅରୁଣ କୁମାର ସ୍ୱାଇଁ, ପୂର୍ବତନ ମଣ୍ଡଳ ସଭାପତି କୈଳାଶ ଚନ୍ଦ୍ର ସାହୁଙ୍କ ଉପରୁ ବହିଷ୍କାର ଆଦେଶ ପ୍ରତ୍ୟାହାର କାରାଇଥିବା ନେଇ ରାଜ୍ୟ ସାଧାରଣ ସମ୍ପାଦକ(ସଙ୍ଗଠନ) ମାନସ କୁମାର ମହାନ୍ତିଙ୍କ ସ୍ୱାକ୍ଷର ଥିବା ଏକ ଚିଠିରୁ ସୂଚନା ମିଳିଛି ।

# ନବରଙ୍ଗପୁର ଠାରେ ବିଭିନ୍ନ ବ୍ଲକରେ ସୁଭଦ୍ରା ରଥକୁ ସ୍ୱାଗତ



ନବରଙ୍ଗପୁର,(ପି.ଏନ): ଜିଲ୍ଲାରେ ସୁଭଦ୍ରା ଯୋଜନା କୁ ହିତାଧିକାରୀଙ୍କ ନିକଟରେ ପହଞ୍ଚାଇବା ଓ ଏହା ଉପରେ ବିଶେଷ ସଚେତନତା ସୃଷ୍ଟି ଉଦ୍ଦେଶ୍ୟରେ ଗତ ୭.୯.୨୦୨୪ ରିଖ ଠାରୁ ସୁଭଦ୍ରା ରଥ ସମସ୍ତ ବ୍ଲକରେ ଗଡୁଛି ଏବଂ ଉତ୍ସାହର ସହ ସ୍ୱାଗତ କରାଯାଉଛି ।ଜିଲ୍ଲାରେ ବିଭିନ୍ନ ଜନ ସେବା କେନ୍ଦ୍ର ଓ ମୋ ସେବା କେନ୍ଦ୍ର ଜରିଆରେ ଆଜି ପର୍ଯ୍ୟନ୍ତ ମୋଟ ୭୪୩୧୫ଜଣ ମହିଳା ସୁଭଦ୍ରା ଯୋଜନାରେ ନାମ ପଞ୍ଜିକରଣ କରିଛନ୍ତି ।ସେଥିମଧ୍ୟରୁ ଚନ୍ଦାହଣ୍ଡି ବ୍ଲକରେ ୭୦୩୩ ଜଣ, ଡ଼ାବୁ ଗାଁ ବ୍ଲକରେ ୨୫୮୨ ଜଣ,ଝରି ଗାଁ ବ୍ଲକ ରେ ୯୫୧୩ଜଣ, କୋଶାଗୁମୁଡ଼ା ବ୍ଲକ ରେ ୭୨୩୮ ଜଣ,ନବରଙ୍ଗପୁର ବ୍ଲକରେ ୫୦୬୬ ଜଣ, ନନ୍ଦାହାଣ୍ଡି ବ୍ଲକରେ ୩୭୪୩ଜଣ, ପାପଡ଼ାହାଣ୍ଡି ବ୍ଲକରେ ୬୮୩୮ଜଣ , ରାଇଘର ବ୍ଲକରେ ୧୦୬୪୩ ଜଣ, ତେନ୍ତୁଳି ଖୁଣ୍ଟି ବ୍ଲକରେ ୭୨୪୫ ଜଣ, ଉମରକୋଟ ବ୍ଲକ ରେ ୧୧୬୭୩ ଜଣ,ନବରଙ୍ଗପୁର ପୌର ପରିଷଦ ରେ ୯୮୧ ଏବଂ ଉମରକୋଟ ପୌର ପରିଷଦରେ ୧୭୩୪ ଜଣ ପଞ୍ଜିକରଣ କରିଛନ୍ତି। ସୂଚନା ଯୋଗ୍ୟ ଯେ ଜିଲ୍ଲାରେ ସୁଭଦ୍ରା ଯୋଜନାର ସଫଳ ରୂପାୟନ ପାଇଁ ୬ ଟି ସୁଭଦ୍ରା ସଚେତନତା ରଥ,୮୦୮ ଟି ଜନ ସେବା କେନ୍ଦ୍ର,୨୫୦ ଟି ମୋ ସେବା କେନ୍ଦ୍ର ସ୍ଥାପନ ସହ ପୋଷ୍ଟର, ଲିଫ୍ଲେଟ, ହୋର୍ଡିଂ ଓ ମାଇକ ଜରିଆରେ ସଚେତନତା ସୃଷ୍ଟି କରାଯାଉଛି। ଆବେଦନ ନିମନ୍ତେ କୌଣସି ଅନ୍ତିମ ସମୟ ସୀମା ଧାର୍ଯ୍ୟ କରାଯାଇନାହିଁ।୨୧ ରୁ ୬୦ ବର୍ଷ ବୟସ ପର୍ଯ୍ୟନ୍ତ ମହିଳାମାନେ ଏହି ଯୋଜନାରେ ଆବେଦନ କରିପାରିବେ ।ପ୍ରତ୍ୟେକ ଅଙ୍ଗନବାଡି କେନ୍ଦ୍ର ରେ ବିନା ମୂଲ୍ୟରେ ଫର୍ମ ଉପଲବ୍ଧ ହେଉଛି ।ସେହିପରି ବିନା ମୂଲ୍ୟରେ ସେବା କେନ୍ଦ୍ର ମାନଙ୍କରେ ଫର୍ମ ପୁରଣ ଓ ପଞ୍ଜିକରଣ କରା ଯାଉଛି। ଆବେଦନକାରୀ ନିଜର ଆଧାର ସହ ବ୍ୟାଙ୍କ ଲିଙ୍କ କରିବା ଆବଶ୍ୟକ। ହିତାଧିକାରୀ ଯେଭଳି ଅସୁବିଧାର ସମ୍ମୁଖୀନ ନ ହୁଅନ୍ତି, ସେଥି ପ୍ରତି ଜିଲ୍ଲା ପ୍ରଶାସନ ପକ୍ଷରୁ ବ୍ୟାପକ ବ୍ୟବସ୍ଥା ଗ୍ରହଣ କରାଯାଇଛି।

# ପ୍ରଦେଶ ଛାତ୍ର କଂଗ୍ରେସର ପରିବର୍ଦ୍ଧିତ କାର୍ଯ୍ୟକାରିଣୀ



ଭୁବନେଶ୍ୱର ,(ପି.ଏନ): ଆଜି ପ୍ରଦେଶ କଂଗ୍ରେସ କାର୍ଯ୍ୟାଳୟରେ ପ୍ରଦେଶ ଛାତ୍ର କଂଗ୍ରେସ ସଭାପତି ଶ୍ରୀ ଉଦ୍ଦିତ ପ୍ରଧାନଙ୍କ ଅଧ୍ୟକ୍ଷତାରେ ପ୍ରଦେଶ ଛାତ୍ର କଂଗ୍ରେସର ପରିବର୍ଦ୍ଧିତ କାର୍ଯ୍ୟକାରିଣୀ ଅନୁଷ୍ଠିତ ହୋଇଯାଇଛି। ପ୍ରଥମେ ଛାତ୍ର କଂଗ୍ରେସ ପକ୍ଷରୁ ନବନିର୍ବାଚିତ ସଭାପତି ଉଦ୍ଦିତ ପ୍ରଧାନ ଏବଂ ଓଡ଼ିଶା ପ୍ରଭାରୀ ଶ୍ରୀ ଚୁନ୍ନୁ ସିଂଙ୍କୁ ସ୍ୱାଗତ କରାଯାଇଥିଲା। ଏହାପରେ ଲୋକସଭାର ବିରୋଧି ଦଳ ନେତା ସମ୍ମାନନୀୟ ରାହୁଲ ଗାନ୍ଧୀଙ୍କ ଅତୁଲ୍ୟ ନେତୃତ୍ୱ ଏବଂ ସମ୍ବିଧାନ ସୁରକ୍ଷା ସଂଗ୍ରାମକୁ କାର୍ଯ୍ୟକାରିଣୀ ପକ୍ଷରୁ ସମର୍ଥନ ଦିଆଯାଇଥିଲା। ଓଡ଼ିଶା ପ୍ରଭାରୀ ଶ୍ରୀ ଚୁନ୍ନୁ ସିଂ କହିଥିଲେ ଯେ ଉଭୟ ବିଜେଡ଼ି ଓ ବିଜେପି ସରକାର ଓଡ଼ିଶାରେ ଛାତ୍ରମାନଙ୍କର ସ୍ୱାର୍ଥକୁ ଉପେକ୍ଷା କରିଛନ୍ତି। ଦୀର୍ଘ ୨୪ ବର୍ଷ ଧରି ଓଡ଼ିଶାରେ ଶିକ୍ଷା ବ୍ୟବସ୍ଥା ଭୁଷୁଡ଼ି ପଡ଼ିଛି। ସେହିଭଳି ନୂଆ ବିଜେପି ସରକାର ତାଙ୍କର କାର୍ଯ୍ୟକ୍ରମରେ ଶିକ୍ଷା ବ୍ୟବସ୍ଥାର ଦୃଷ୍ଟାନ୍ତମୂଳକ ଉନ୍ନତି ପାଇଁ ପ୍ରାଧାନ୍ୟ ଦେଇ ନାହାନ୍ତି। ନୂତନ ସରକାର ବିଜେଡ଼ି ସରକାରକୁ ଅନୁସରଣ କରି ଏ ବର୍ଷ ନିର୍ବାଚନ ବନ୍ଦ କରିଦେଲେ। ଏହାଦ୍ୱାରା ସାରା ରାଜ୍ୟରେ ଛାତ୍ରମାନଙ୍କ ମଧ୍ୟରେ ଅସନ୍ତୋଷ ସୃଷ୍ଟି ହୋଇଛି। ବିଶେଷ କରି ରାଜ୍ୟର ସମସ୍ତ ସରକାରୀ ଏବଂ ଅନୁଦାନ ପ୍ରାପ୍ତ ଡିଗ୍ରୀ କଲେଜ ଏବଂ ବିଶ୍ୱ ବିଦ୍ୟାଳୟରେ କ୍ୟାମ୍ପସ କମିଟି ଗଠନ କରାଯିବା ସହ ସମ୍ପୃକ୍ତ ଶିକ୍ଷାନୁଷ୍ଠାନର ବିଭିନ୍ନ ସମସ୍ୟାର ସମାଧାନ ପାଇଁ ଛାତ୍ର କଂଗ୍ରେସ ଆନ୍ଦୋଳନାତ୍ମକ କାର୍ଯ୍ୟକ୍ରମ କରିବ। ଜୟପୁରୁ ବିଧାୟକ ତାରା ପ୍ରସାଦ ବାହିନପତି ଏହି କାର୍ଯ୍ୟକ୍ରମରେ ଯୋଗ ଦେଇ ରାଜ୍ୟ ସରକାରଙ୍କର ଛାତ୍ର ସ୍ୱାର୍ଥ ବିରୋଧି ନୀତି ବିରୁଦ୍ଧରେ ଆନ୍ଦୋଳନ କରିବାକୁ ଉପଦେଶ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ପ୍ରଦେଶ ଛାତ୍ର କଂଗ୍ରେସ ସଭାପତି ଉଦ୍ଦିତ ପ୍ରଧାନ କହିଥିଲେ ଯେ ଛାତ୍ର କଂଗ୍ରେସ ର୍‍ୟାଗିଙ୍ଗ ଓ ନିଶାମୁକ୍ତ ମୁକ୍ତ କ୍ୟାମ୍ପସ ପାଇଁ ଅଧିକ ଧ୍ୟାନ ଦେବ। ଶିକ୍ଷାନୁଷ୍ଠାନର ଭିତିଭୂମି ନିର୍ମାଣରେ ସରକାରୀ ଅନୁଦାନର ଦୁର୍ନୀତିକୁ ଦୃଢ଼ ପ୍ରତିବାଦ କରିବ। ଅଣଛାତ୍ର କିପରି କ୍ୟାମ୍ପସରେ ପ୍ରବେଶ କରିପାରିବେ ନାହିଁ ସେଥିପାଇଁ ଆନ୍ଦୋଳନ କରିବ। ବିଶେଷ କରି ହଷ୍ଟେଲର ସୁରକ୍ଷା, ଉତ୍ତମ ପରିବେଶ ଉପରେ ପ୍ରାଧାନ୍ୟ ଦେବ। ଜାଲ୍ ସାର୍ଟିଫିକେଟ ମାଧ୍ୟମରେ ଯେଉଁ ଆଡ଼ମିଶନ ଚାଲିଆସୁଅଛି ତାହା କିପରି ରୋକାଯିବ ସେଥିପାଇଁ ମଧ୍ୟ ଲଢ଼େଇ କରାଯିବ। ଏଠାରେ ପ୍ରକାଶ ଯୋଗ୍ୟ ଭଦ୍ରକ ସ୍ୱୟଂଶାସିତ ମହାବିଦ୍ୟାଳୟ ଏବଂ ରାଜ୍ୟର ବିଭିନ୍ନ ସରକାରୀ ମହାବିଦ୍ୟାଳୟର ଶାରୀରିକ ଅକ୍ଷମ ମାନଙ୍କ ସାର୍ଟିଫିକେଟ ଜାଲିଆତି କରି ଆଡ଼ମିଶନ କରାଯାଇଥିବାର ଧରାପଡ଼ିଥିଲା। ନିର୍ଦ୍ଦିଷ୍ଟ ସମୟସୀମା ମଧ୍ୟରେ ସମସ୍ତ ସରକାରୀ ଓ ଅନୁଦାନ ପ୍ରାପ୍ତ ଡିଗ୍ରି କଲେଜ ଏବଂ ସରକାରୀ ବିଶ୍ୱବିଦ୍ୟାଳୟ ମାନଙ୍କରେ ଖାଲି ପଡ଼ିଥିବା ଶିକ୍ଷକ ଓ ଅଣଶିକ୍ଷକ ପଦବୀ ପୂରଣ ପାଇଁ ଛାତ୍ର କଂଗ୍ରେସର ଦୃଢ଼ ଦାବୀ ରହିବ। ଏଠାରେ ପ୍ରକାଶ ଯୋଗ୍ୟ ଯେ, ଉତ୍କଳ ବିଶ୍ୱବିଦ୍ୟାଳୟରେ ୭୫ ପ୍ରତିଶତ ପ୍ରଫେସର ପଦବୀ ଖାଲି ପଡ଼ିଛି। ଏଥିରେ ଥିବା ୨୭ ଟି ବିଭାଗରୁ ପ୍ରାୟ ୧୭ ଟି ବିଭାଗରେ ପ୍ରଫେସର ନାହାନ୍ତି। ୫୮ ପ୍ରତିଶତ ସହଯୋଗୀ ପ୍ରଫେସର ପଦବୀ ଖାଲି ପଡ଼ିଛି। ସେହିପରି ରେଭେନ୍ସା ବିଶ୍ୱବିଦ୍ୟାଳୟରେ ୬୦ ପ୍ରତିଶତ ନିୟମିତ ଶିକ୍ଷକ ପଦବୀ ଖାଲି ପଡ଼ିଛି। ୨୦୬୭ ମୁର ପ୍ରାପ୍ତ ଶିକ୍ଷକ ପଦବୀରୁ ୧୫୮ ଟି ଶିକ୍ଷକ ପଦବୀ ଖାଲି ରହିଛି। ଓଡ଼ିଶାର ଓଡ଼ିଶାର ୧୨ ଟି ପବ୍ଲିକ୍ ବିଶ୍ୱବିଦ୍ୟାଳୟରେ ୧୦୦୦ ନିୟମିତ ଶିକ୍ଷକ ପଦବୀ ଖାଲି ପଡ଼ିଛି। ଯାହାକି ମୁର ପ୍ରାପ୍ତ ଶିକ୍ଷକ ପଦବୀର ୫୭ ପ୍ରତିଶତ। ସେହିଭଳି ଡିଗ୍ରୀ କଲେଜ ଅବସ୍ଥା ଅତି ଶୋଚନୀୟ। ବିଶେଷ କରି ଛାତ୍ର କଂଗ୍ରେସ ବେକାରୀ ସମସ୍ୟାକୁ ନେଇ ଦୁର୍ବାର ଆନ୍ଦୋଳନ କରିବ। ଓଡ଼ିଶାର ୧୧ ଲକ୍ଷ ପିକୃତ ବେକାରୀଙ୍କୁ ନିଯୁକ୍ତି ଦେବା ପାଇଁ ଆନ୍ଦୋଳନ କରାଯିବ। ସରକାର ନିର୍ଦ୍ଦିଷ୍ଟ ସମୟସୀମାରେ ଖାଲି ପଡ଼ିଥିବା, ୨, ୦୫, ୨୨୮ ସରକାରୀ ପଦବୀ ନିର୍ଦ୍ଦିଷ୍ଟ ସମୟସୀମା ମଧ୍ୟରେ ପୂରଣ କରିବାକୁ ଛାତ୍ର କଂଗ୍ରେସ ଦୃଢ଼ ଦାବୀ କରିବା ସହ ଆନ୍ଦୋଳନ ମଧ୍ୟ କରିବ। ଯେଉଁ ଘରୋଇ ଶିକ୍ଷାନୁଷ୍ଠାନ ଛାତ୍ର ଛାତ୍ରୀ ଏବଂ ତାଙ୍କର ଅଭିଭାବକମାନଙ୍କୁ ହଇରାଣ ହରକତ୍ କରୁଛନ୍ତି ସେମାନଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ପାଇଁ ଦାବି କରାଯିବ। ସରକାରୀ ଓ ବେସରକାରୀ ଶିକ୍ଷାନୁଷ୍ଠାନ ମନଇଚ୍ଛା ଫି ଆଦାୟକୁ ପ୍ରତିବାଦ କରାଯିବ। ଏହି କାର୍ଯ୍ୟକ୍ରମରେ ବିଶ୍ୱଭୂଷଣ ମହାପାତ୍ର, କାର୍ତିକ କାଣ୍ଡି, ସାଗର ପଟ୍ଟନାୟକ, ସୁନିଲ ସାହୁ ଗାନ୍ଧୀ, ଭାଗ୍ୟଶ୍ରୀ ମହାନ୍ତି, ଲିପିକା ପାତ୍ର, ଲିପ୍ସା ନାୟକ, ହର ପ୍ରସାଦ ବେହେରା, ନିୟାଜୁଲ୍ ଇସ୍‌ଲାମ୍, ସମିର ବେହେରା, ସାହାରୁଦ୍ଦ ଖାନ, ହାର୍ଦ୍ଦିକ ମହାପାତ୍ର, ଆଶୁତୋଷ ରାଉତ, ପବିତ୍ର ଗଣ୍ଡ, ବିଭୂତି ଭୂଷଣ ମହାପାତ୍ର, ଡିଲିପ୍ କୁମାର ବିଶୋଇ, ସୁରଭ ଚରଣ ବେହେରା, ରାମେଶ୍ୱର ଶତ୍ପଥୀ, ଶ୍ରୀକାନ୍ତ ବିଶ୍ୱାଳ, ଲକ୍ଷ୍ମୀପ୍ରିୟା ନାୟକ ଓ ଆଶୁତୋଷ ମିଶ୍ର ପ୍ରମୁଖ ଛାତ୍ରକଂଗ୍ରେସର ନେତୃମଣ୍ଡଳୀ ଅଂଶ ଗ୍ରହଣ କରିଥିଲେ ।

# ପାରାଦୀପ ନଗର ବିଜେଡିର ସାଙ୍ଗଠନିକ ବୈଠକ

ପାରାଦୀପ,(ପି.ଏନ): ବୁଧବାର ଦିନ ସଂନ୍ଧ୍ୟାରେ ପାରାଦୀପ ନଗର ବିଜୁ ଜନତା ଦଳ ପକ୍ଷରୁ ଏକ ସାଙ୍ଗଠନିକ ବୈଠକ ମଧୁବନସ୍ଥିତ ଶ୍ରମିକ ଭବନ ପରିସରରେ ଆୟୋଜିତ ହୋଇଯାଇଛି । ଏହି ବୈଠକରେ ପୌରହିତ୍ୟ କରିଥିଲେ ନଗର ବିଜେଡି ସଭାପତି ତଥା ପାରାଦୀପର ନଗରପାଳ ବସନ୍ତ ବିଶ୍ୱାଳ। ବୈଠକରେ ପୂର୍ବତନ ସାଂସଦ ଡା.କୁଳମଣି ସାମଲ, ରାଜ୍ୟ ବିଜୁ ଜନତା ଦଳ ସାଧାରଣ ସମ୍ପାଦକ ପ୍ରମୋଦ କିଶୋର ଜେନା ଯୋଗ ଦେଇଥିଲେ । ସ୍ୱାଗତ ଅଭିଭାଷଣ ପ୍ରଦାନ କରିଥିଲେ ନଗର ସାଧାରଣ ସମ୍ପାଦକ ଶଙ୍କର ପ୍ରସାଦ ରାଉତ । ପାରାଦୀପ ଯୁବ ବିଜେଡି ସଭାପତି ଆଲୋକ ମହାପାତ୍ର, ନାରୀ ନେତ୍ରୀ ଚପଳା ସ୍ୱାଇଁ, ଉପସଭାପତି ଉଲ୍ଲାସ ବିଶ୍ୱାଳ, ନଗେନ୍ଦ୍ର ରାଉତ, ବିଶ୍ୱନାଥ ବଳ ପ୍ରମୁଖଙ୍କ ସମେତ ଦଳୀୟ ପାରିଷଦମାନେ ଯୋଗ ଦେଇ ଦଳର ସଙ୍ଗଠନକୁ ମଜଭୁତ କରିବାକୁ କର୍ମିମାନଙ୍କୁ ଆହ୍ୱାନ ଦେଇଥିଲେ । ଦଳର କର୍ମୀମାନେ ବହୁ ସଂଖ୍ୟାରେ ଏହି ବୈଠକରେ ଯୋଗ ଦେଇଥିଲେ । ଦଳକୁ ସଙ୍ଗଠିତ କରିବା ପାଇଁ କର୍ମୀମାନେ ବିଭିନ୍ନ ପ୍ରସ୍ତାବମାନ ଦେଇଥିଲେ।




Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751<0 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray